ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ 25

PARYABEKHYAK
पर्यवेक्षक

Vol.26 . No.185 Bhubaneswar Thursday August 31 2023 | ୨୬ତମ ବର୍ଷ ସଂଖ୍ୟା-୧୮୫ ଭୁବନେଶ୍ୱର, ଗୁରୁବାର, ଅଗଷ୍ଟ ୩୧, ୨୦୨୩ | (୮ ପୃଷ୍ଠା) | ମୂଲ୍ୟ-୧.୫୦ ₹ 1.50 | (Air Surcharge - 0.50P) | Member-INS


## ୫-ଟି ଟି'ସାର୍ଟ ପିନ୍ଧା ଯୁବକଙ୍କ ଉତ୍ପାତକୁ ନେଇ ତେଜିଲା ରାଜନୀତି, ଘେରିଲେ ବିଜେପି, କଂଗ୍ରେସ



ଭୁବନେଶ୍ୱର,୩୦ ।୮(ପି.ଏନ): ଗତକାଲି ପାଣ୍ଡିଆନଙ୍କ ସଭା ଜଗିଥିଲେ ଧଳା ପୋଷାକଧାରୀ। ଡ୍ରେସରେ ଲେଖାଯାଇଥିଲା ୫ଟ୍ଟ। ହାତରେ ଠେଙ୍ଗା ଦରି ଆତଙ୍କରାଜ ଚ଼ଳାଇଥିଲେ ବିଜେଡିର ଗୁଣ୍ଡାବାହିନୀ । ଏହାକୁ ନେଇ ତେଜିଲା ରାଜନୀତି। ଗତକାଲି ୫-ଟି ସଚ଼ିବଙ୍କ ଯାଜପୁର ଗସ୍ତ ବେଳେ ଆକ୍ସନ ମୁଡରେ ବିଜେଡିର ଗୁଣ୍ଡା ବାହିନୀଙ୍କୁ ଦେଖିବାକୁ ମିଳିଥିଲା। ସେମାନେ ହାତରେ ଠେଙ୍ଗା ଧରି ଲୋକଙ୍କ ପ୍ରତିବାଦର ସ୍ୱର ଚ଼ାପି ଦେବାକୁ ଉଦ୍ୟମ କରୁଥିବା ବେଳେ ସେମାନଙ୍କୁ ଗୋଡାଇ ଗୋଡାଇ ପିଟିବାକୁ ବି ପଛାଇ ନ ଥିଲେ। ପୁଲିସ୍ ଉପସ୍ଥିତିରେ ଏପରି ଅରାଜକତା ଘଟି ଚ଼ାଲିଥିବା ବେଳେ ପୁଲିସ୍ ପାଲଟି ଯାଇଥିଲା ନିଦା ବିଷ୍ଣୁ। ଏହାକୁ ବିଭିନ୍ନ ରାଜନୈତିକ ଦଳ ପକ୍ଷରୁ ତୀବ୍ର ସମାଲୋଚ଼ନା କରାଯାଇଛି ।ଗତକାଲି ଯାଜପୁର ଗସ୍ତ ବେଳେ ପାଣ୍ଡିଆନଙ୍କୁ ବିରୋଧ କରୁଥିବା କଂଗ୍ରେସ କର୍ମୀଙ୍କୁ ୫-ଟିବାହିନୀ ଆକ୍ରମଣ କରିବା ଘଟଣାକୁ କଠୋର ଭାବେ ନିନ୍ଦା କରିଛି ବିଜେପି । ସମସ୍ତ ପ୍ରତିବାଦକୁ ଚ଼ାପି ଦେବା ପାଇଁ ଭୟ ସୃଷ୍ଟି କରାଯାଉଛି। ପୁଲିସ ଉପସ୍ଥିତିରେ ୫-ଟି ଟି-ସାର୍ଟ ପିନ୍ଧା ଗୁଣ୍ଡାମାନେ ଠେଙ୍ଗା ଧରି ଗୁଣ୍ଡାଗରଦ୍ଦି କଲେ। ସମ୍ବିଧାନରେ ଅହିଂସା ଶବ୍ଦକୁ ସ୍ଥାନିତ କରାଯାଉ ବୋଲି ଦାବି କରୁଥିବା ଦଳର ଚ଼ିତ୍ର ଚ଼ରିତ୍ର ସାରା ଓଡ଼ିଶା ଦେଖୁଛି ବୋଲି ଦଳ କହିଛି।

## ବଙ୍ଗୋପସାଗରରେ ଘୂର୍ଣ୍ଣିବଳୟ ସକ୍ରିୟ; ୩ ଓ ୪ ତାରିଖରେ ପ୍ରବଳ ବର୍ଷା !



ଭୁବନେଶ୍ୱର,୩୦ ।୮(ପି.ଏନ): ମୌସୁମୀ ଦୁର୍ବଳ ଯୋଗୁ ରାଜ୍ୟରେ ବର୍ଷା ଉଭାନ୍ ହୋଇଯାଇଛି । ଯେଉଁଥିପାଇଁ ଗତ ୪ରୁ ୫ ଦିନ ହେଲା ରାଜ୍ୟରେ ତାତି ବ?ିଛି। ଜୀବନ ଯାତ୍ରା ଅସ୍ତବ୍ୟସ୍ତ ହେଉଥିବା ବେଳେ ଆଜି ପାଣିପାଗ ବିଭାଗ ଦେଇଛି ଭଲ ଖବର। ବଙ୍ଗୋପସାଗରରେ ଏକ ଘୂର୍ଣ୍ଣିବଳୟ ସକ୍ରିୟ ରହିଛି। ଯାହାର ପ୍ରଭାବରେ ଆସନ୍ତା ୨ ତାରିଖରୁ ରାଜ୍ୟର କିଛି ଅଞ୍ଚଳରେ ଭାରି ବର୍ଷା ସମ୍ଭାବନା ରହିଛି। ତେବେ ୩ ଓ ୪ ତାରିଖରେ ରାଜ୍ୟରେ କେତେକ ଜିଲ୍ଲାରେ ପ୍ରବଳ ବର୍ଷା ହୋଇପାରେ ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ପୂର୍ବାନୁମାନ କରିଛି ।ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ଜାରି କରିଥିବା ବୁଲେଟିନ୍? ଅନୁସାରେ ସେପ୍ଟେମ୍ବର ୧ ତାରିଖରେ ସୁନ୍ଦରଗଡ, କେନ୍ଦୁଝର, ମୟୂରଭଞ୍ଜ, ବାଲେଶ୍ୱର, ଭଦ୍ରକ, ଯାଜପୁର, ଦେବଗଡ,ଅନୁଗୋଳ, ଢେଙ୍କାନାଳ, କଟକ, କେନ୍ଦ୍ରାପଡା, ଜଗତସିଂହପୁର, ପୁରୀ, ଖୋର୍ଦ୍ଧା, ନୟାଗଡ, ବୌଦ୍ଧ, କନ୍ଧମାଳ, ଗଞ୍ଜାମ, ଗଜପତି, କଳାହାଣ୍ଡି, ବଲାଙ୍ଗିର ଓ ନୂଆପଡା ଜିଲ୍ଲାରେ କେତେକ ସ୍ଥାନରେ ସାମାନ୍ୟ ବର୍ଷା ସହ ବଜ୍ରପାତ ଓ ଘଡଘଡି ହେବାର ସମ୍ଭାବନା ରହିଛି। ସେଥିପାଇଁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି।୨ ତାରିଖରେ ମୟୂରଭଞ୍ଜ, ବାଲେଶ୍ୱର, ଭଦ୍ରକ, କେନ୍ଦୁଝର, ଢେଙ୍କାନାଳ, ଅନୁଗୋଳ, ସମ୍ବଲପୁର, ସୋନପୁର, ବୌଦ୍ଧ, ବଲାଙ୍ଗିର, ନୂଆପଡା, କଳାହାଣ୍ଡି, ନବରଙ୍ଗପୁର, କୋରାପୁଟ ଓ ମାଲକାନଗିରି ଜିଲ୍ଲାରେ କେତେକ ସ୍ଥାନରେ ବର୍ଷା ସହ ବଜ୍ରପାତ ଓ ଘଡଘଡି ହେବାର ସମ୍ଭାବନା ରହିଛି। ସେଥିପାଇଁ ୟେଲୋ ୱାର୍ଣ୍ଣିଂ ଜାରି କରାଯାଇଛି।

## ଦୁଷ୍କର୍ମକାରୀକୁ ୧୦ ବର୍ଷ ଜେଲ ଦଣ୍ଡାଦେଶ

ନିମାପଡ଼ା,୩୦ ।୮( ପି.ଏନ): ୨୦୨୨ ମସିହା ରେ ପୁରୀ ଜିଲ୍ଲା ବଳଙ୍ଗା ଥାନା ଅଂଚ଼ଳରେ ଘଟିଥିବା ଏକ ଦୁଷ୍କର୍ମ ମାମଲାର ବିଚ଼ାର କରି ନିମାପଡ଼ା ଅତିରିକ୍ତ ଜିଲ୍ଲା ଶୈରାଜଜ ଲୋକନାଥ ସାହୁ ଅଭିଯୁକ୍ତ କୁ ୧୦ ବର୍ଷ ସଶ୍ରମ କାରାଦଣ୍ଡ ସହ ୭ ହଜାର ଟଙ୍କା ଜୋରିମାନା ଦଣ୍ଡାଦେଶ ଦେଇଛନ୍ତି ।୨୦୨୨ ମସିହା ମାର୍ଚ୍ଚ ୧୭ ତାରିଖ ରାତିରେ ବଳଙ୍ଗା ଥାନା ଅନ୍ତର୍ଗତ ଏକ ଗ୍ରାମରେ ସ୍ୱାମୀ ଘରେ ନ ଥିବା ସୁଯୋଗ ନେଇ ତେରହଲ ଗ୍ରାମ ର ପୂର୍ଣ୍ଣ ଚ଼ନ୍ଦ୍ର ଶତପଥୀ (୪୩) ମହିଳାଙ୍କ ଘରେ ପଶିଥିଲେ। ତାଙ୍କ ନାବାଳକ ପୁଅର ତଣ୍ଡି ଚ଼ିପି ବାହାରକୁ ଫିଙ୍ଗି ଦେଇଥିଲେ ।ଏହାପରେ ମହିଳାଙ୍କୁ ବଳାତ୍କାର କରିଥିବା ନେଇ ଅଭିଯୋଗ ହୋଇଥିଲା । ଏ ସମ୍ପର୍କରେ ବଳଙ୍ଗା ଥାନାରେ ୨୨୭/୨୨ ରେ ଏକ ମାମଲା ରୁଜୁ କରାଯାଇ ଅଭିଯୁକ୍ତ କୁ ଗିରଫ କରି ପୋଲିସ କୋର୍ଟ ଚ଼ାଲାଣ କରିଥିଲେ ।ଏହି ମାମଲାର ତତ୍କାଳୀନ ତଦନ୍ତ କାରୀ ଅଧିକାରୀ ୨ ମାସ ମଧ୍ୟରେ କୋର୍ଟ ରେ ଚ଼ାର୍ଜସିଟ୍ ଦାଖଲ କରିଥିଲେ ।ମାମଲା ରେ ପୋଲିସ ପକ୍ଷରୁ କୋର୍ଟ ରେ ୧୭ ଜଣ ସାକ୍ଷୀଙ୍କ ଜମାନବନ୍ଦୀ ଓ ସରକାରଙ୍କ ତରଫରୁ ଦାଖଲ କରାଯାଇଥିବା ୨୪ ଟି ଦସ୍ତାବିଜ୍ କୁ ବିଚ଼ାର କୁ ନେଇ ଅତିରିକ୍ତ ଜିଲ୍ଲା ଶୈରାଜଜ ଆସାମୀ କୁ ଦୋଷୀ ସାବ୍ୟସ୍ତ କରି ୩୭୬ ଦଫାରେ ୧୦ ବର୍ଷ ର ସଶ୍ରମ କାରାଦଣ୍ଡ ସହ ୫ ହଜାର ଜୋରିମାନା ଏବଂ ଦଫା ୪୫୮ ରେ ୫ ବର୍ଷ ସଶ୍ରମ କାରାଦଣ୍ଡ ଓ ଏକ ହଜାର ଟଙ୍କା ଜୋରିମାନା ଏବଂ ଦଫା ୩୨୩ ରେ ୧ ହଜାର ଟଙ୍କା ଜୋରିମାନା ଟଙ୍କା ଦଣ୍ଡାଦେଶ ଦେଇଛନ୍ତି ।ମାମଲା କୁ ସରକାରଙ୍କ ତରଫରୁ ଅତିରିକ୍ତ ସରକାରୀ ଓକିଲ ସୀତାକାନ୍ତ ଦାସ ଲଢ଼ୁଥିଲେ ।

## ଭୁବନେଶ୍ୱର ବିମାନବନ୍ଦରରେ ଚ଼ାଲୁହେଲା ନୂଆ ଏଟିସି

ଭୁବନେଶ୍ୱର,୩୦ ।୮(ପି.ଏନ): ଭୁବନେଶ୍ୱର ବିମାନବନ୍ଦରରେ କାର୍ଯ୍ୟକ୍ଷମ ହୋଇଛି ନୂଆ ଏୟାର ଟ୍ରାଫିକ୍? କଂଟ୍ରୋଲ୍(ଏଟିସି ଟାୱାର)। ଅଗଷ୍ଟ ୨୪ ତାରିଖରୁ ଆରମ୍ଭ ହୋଇଛି ଟ୍ରାଏଲ ରନ୍ । ଉଭୟ ପୁରୁଣା ଓ ନୂଆ ଏଟିସିରୁ ଚ଼ାଲିଛି ସମାନ୍ତରାଳ ଅପରେସନ୍। ପୁରୁଣା ଏଟିସିର ଉଚ୍ଚତା ୨୩.୪୬ ମିଟର ଥିଲା ବେଳେ ନୂଆ ଏଟିସିର ଉଚ୍ଚତା ରହିଛି ୪୪.୨ ମିଟର। ୧୧ ମହଲା ବିଶିଷ୍ଟ ଭୁବନେଶ୍ୱର ବିମାନବନ୍ଦରର ଏହି ATC ଦେଶର ପ୍ରଥମ ଏକ୍ସପେରିମେଣ୍ଟାଲ ଏଟିସି ଟାୱାର। ଏଥିରେ ୩ଟି ସିଫ୍ଟରେ ୭୦ ଜଣ କର୍ମଚ଼ାରୀ କାମ କରିବେ।ଭାରତୀୟ ବିମାନବନ୍ଦର ପ୍ରାଧିକରଣ(AAI) ଓ ଭାରତ ଇଲେକ୍ଟ୍ରୋନିକ୍ସ ଲିମିଟେଡ୍(BEL) ମିଳିତ ଭାବେ ଏହାର ନିର୍ମାଣ କରିଛନ୍ତି। ଟାୱାର ନିର୍ମାଣରେ ଖର୍ଚ୍ଚ ହୋଇଛି ୪୦ କୋଟି ଟଙ୍କା। ହାର୍ଡୱେର ଇନଷ୍ଟଲ ଲାଗି ଆଉ ୨୦ କୋଟି ଟଙ୍କା ଖଟାଇଛି ଭାରତ ଇଲେକ୍ଟ୍ରୋନିକ୍ସ ଲିମିଟେଡ୍। ଭୁବନେଶ୍ୱର ବିମାନବନ୍ଦର ନିର୍ଦ୍ଦେଶକ ପ୍ରସନ୍ନ ପ୍ରଧାନ କହିଛନ୍ତି, ଏବେ ନୂଆ ଏଟିସିର ଦକ୍ଷତା ଓ ସ୍ଥିରତା ପରୀକ୍ଷା ଲାଗି ମାସେ ଯାଏଁ ଚ଼ାଲିବ ସମାନ୍ତରାଳ ପରିଚ଼ାଳନା।

## ୫ରେ କଂଗ୍ରେସର ମିଶ୍ରଣପର୍ବ: ମିଶିବା ପାଇଁ ଦିନ ଧାର୍ଯ୍ୟ ହୋଇନି: ଶିଶିର



ଭୁବନେଶ୍ୱର,୩୦ ।୮(ପି.ଏନ): ଆସନ୍ତା ସେପ୍ଟେମ୍ବର ୫ତାରିଖରେ ଓଡିଶା ପ୍ରଦେଶ କଂଗ୍ରେସ କମିଟି ପକ୍ଷରୁ ଭୁବନେଶ୍ୱରରେ ଏକ 'ମିଶ୍ରଣ ପର୍ବ' କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ ଓ ଅନ୍ୟ ଦଳର ବହୁ ନେତାଙ୍କ ସମେତ ଅବସରପ୍ରାପ୍ତ ପ୍ରଶାସକମାନେ ବିଧିବଦ୍ଧ ଭାବେ କଂଗ୍ରେସରେ ଯୋଗ ଦେବାର କାର୍ଯ୍ୟକ୍ରମ ରହିଛି । ତେବେ ଆସନ୍ତା ୫ ତାରିଖରେ କଂଗ୍ରେସରେ ମିଶିବା ନେଇ କୌଣସି ଦିନ ଧାର୍ଯ୍ୟ ହୋଇନି କିମ୍ବା ତାଙ୍କ ପରିବାର ସହ କେହି ଯୋଗାଯୋଗ କରିନାହାନ୍ତି ବୋଲି ଶିଶିର ଗମାଙ୍ଗ ସ୍ପଷ୍ଟ କରିଛନ୍ତି । ପିସିସି ସଭାପତି ଶରତ ପଟ୍ଟନାୟକ ଗଣମାଧ୍ୟମକୁ ସୂଚ଼ନା ଦେଇ କହିଥିଲେ ଯେ, ସେପ୍ଟେମ୍ବର ୫ତାରିଖରେ ପିସିସି ପକ୍ଷରୁ ଏକ ମିଶ୍ରଣ ପର୍ବ ଅନୁଷ୍ଠିତ ହେବ । ବହୁ ପୂର୍ବତନ ମନ୍ତ୍ରୀ, ପୂର୍ବତନ ସାଂସଦ ଓ ବିଧାୟକମାନଙ୍କ ସହ ଅବସରପ୍ରାପ୍ତ ପ୍ରଶାସକମାନେ ଉପସ୍ଥିତ ରହି ବିଧିବଦ୍ଧ ଭାବେ କଂଗ୍ରେସରେ ଯୋଗ ଦେବେ । ଦଳର ଜାତୀୟସ୍ତରର ନେତାମାନେ ମଧ୍ୟ ଏହି ମିଶ୍ରଣ ପର୍ବରେ ଉପସ୍ଥିତ ରହିବେ । ଉକ୍ତ ଦିନ ଏକ ବିଶାଳ ର?ାଲି ପାଇଁ ଦଳ ଯୋଜନା କରୁଛି ବୋଲି ସେ କହିଛନ୍ତି ।

## ଯାଜପୁରରେ ଖୋଲିଲା ମିଶନ ଶକ୍ତି କାଫେ

ଯାଜପୁର,୩୦ ।୮(ପି.ଏନ): ଯାଜପୁରରେ ଖୋଲିଲା ମିଶନ ଶକ୍ତି କାଫେ । ବିରଜା ମନ୍ଦିର ସଂଲଗ୍ନ ବିରଜା ପାନ୍ଥ ନିବାସ ପରିସରରେ କାଫେର ଶୁଭାରମ୍ଭ ହୋଇଛି । ଯାଜପୁର ବିଧାୟକ ପ୍ରଣବ ପ୍ରକାଶ ଦାସ ଏବଂ ଜିଲ୍ଲାପାଳ ଚ଼କ୍ରବର୍ତ୍ତୀ ସିଂ ରାଠୋର ଏହାକୁ ଉଦଘାଟନ କରିଥିଲେ। ଜିଲ୍ଲା ମହିଳା ମହାସଂଘ ଦ୍ୱାରା ପରିଚ଼ାଳିତ ହେବାକୁ ଥିବା ଏହି କାଫେରେ ଅତ୍ୟାଧୁନିକ ସୁବିଧା ରହିଛି । ଏହି କାଫେ ଖୋଲିବା ପରେ ଯାଜପୁରକୁ ଆସୁଥିବା ପର୍ଯ୍ୟଟକ ବିଶେଷ ଭାବେ ଉପକୃତ ହେବେ ବୋଲି ଆଶା କରାଯାଉଛି। ଏଠାରେ ଖାଣ୍ଟି ଓଡ଼ିଆ ଖାଦ୍ୟ ସହିତ ଇଣ୍ଡିଆନ, ଚ଼ାଇନିଜ ଖାଦ୍ୟ ମିଳିବ । ଉଦଘାଟନ ସମୟରେ ଯାଜପୁର ଏସପି ଭିନିତ ଅଗ୍ରୱାଲଙ୍କ ସମେତ ବରିଷ୍ଠ ଅଧିକାରୀ ଉପସ୍ଥିତ ଥିଲେ ।

## ଅସୁସ୍ଥ ଓ ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କୁ ଘରେ ମିଳିବ ମଧ୍ୟାହ୍ନ ଭୋଜନ ରାସନ



ଭୁବନେଶ୍ୱର,୩୦ ।୮(ପି.ଏନ): ଅସୁସ୍ଥ ଓ ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କୁ ଘରେ ମିଳିବ ମଧ୍ୟାହ୍ନ ଭୋଜନ ରାସନ । ବିଦ୍ୟାଳୟ ଆସିପାରୁନଥିବା ୬ରୁ ୧୪ ବର୍ଷର ଅସୁସ୍ଥ ଓ ଦିବ୍ୟାଙ୍ଗ ଛାତ୍ରଛାତ୍ରୀଙ୍କ ପାଇଁ ଘରେ ମଧ୍ୟାହ୍ନ ଭୋଜନ ରାସନ୍ ପହଞ୍ଚାଇବାକୁ ନିଷ୍ପତ୍ତି ନେଇଛନ୍ତି ରାଜ୍ୟ ସରକାର । ଏଥିପାଇଁ ପ୍ରକ୍ରିଆ ଆରମ୍ଭ କରିଛି ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ । ଶୁଖିଲା ରାସନ ଛାତ୍ରଛାତ୍ରୀଙ୍କ ଘରେ ପହଞ୍ଚାଇବା ପାଇଁ ସମସ୍ତ ଜିଲ୍ଲା ଶିକ୍ଷା ଅଧିକାରୀଙ୍କୁ ନିର୍ଦ୍ଦେଶ ଦିଆଯାଇଛି । ଏହାଦ୍ୱାରା ରାଜ୍ୟ ୩ ହଜାର ୬୯୪ ଛାତ୍ରଛାତ୍ରୀ ଉପକୃତ ହେବେ । ଛାତ୍ରଛାତ୍ରୀମାନଙ୍କୁ ଶ୍ରେଣୀ ଅନୁସାରେ ସେମାନଙ୍କ ଘରେ ମଧ୍ୟାହ୍ନଭୋଜନ ଚ଼ାଉଳ ଦିଆଯିବା ସହ ରୋଷେଇ ବାବଦ ଅର୍ଥରାଶି ବ୍ୟାଙ୍କ ଆକାଉଣ୍ଟକୁ ପଠାଯିବ । ଏହାବ୍ୟତୀତ ଛାତ୍ରଛାତ୍ରୀଙ୍କ ପାଠ୍ୟପୁସ୍ତକ ମଧ୍ୟ ସେମାନଙ୍କ ଘରେ ପହଞ୍ଚାଯିବା ପାଇଁ ବ୍ୟବସ୍ଥା କରାଯାଇଛି। କୌଣସି ଅସୁବିଧା ହେଲେ ଛାତ୍ରଛାତ୍ରୀମାନେ ନିଜ ଅଞ୍ଚଳରେ ଥିବା ଅଙ୍ଗନବାଡି କର୍ମୀ,ଆଶାକର୍ମୀ,ଏଏନଏମଙ୍କ ସହାୟତା ନେଇପାରିବେ। ଛାତ୍ରଛାତ୍ରୀଙ୍କୁ ଚ଼ିକିତ୍ସା ପାଇଁ ନିକଟସ୍ଥ ସ୍ୱାସ୍ଥ୍ୟକେନ୍ଦ୍ର କିମ୍ବା ଅଙ୍ଗନବାଡି କେନ୍ଦ୍ରକୁ ନିୟମିତ ସ୍ୱାସ୍ଥ୍ୟ ପରୀକ୍ଷା ଓ କାଉନସେଲିଂ ପାଇଁ ନିଆଯିବ। ଏହାସହ ସ୍କୁଲ ଆସିପାରୁନଥିବା ଛାତ୍ରଛାତ୍ରୀଙ୍କ ଘରକୁ ପ୍ରତିମାସରେ ବିଦ୍ୟାଳୟର ଶିକ୍ଷକ, ବ୍ଲକ୍ ସହଯୋଗୀ ଅଧିକାରୀ,ଆଇଇଡିମାନେ ତଦାରଖ କରିବା ପାଇଁ ଯିବେ । ପିଲାମାନେ ଘରେ କିଭଳି ପଢୁଛନ୍ତି, ପଢାରେ କେତେ ଉନ୍ନତି କରୁଛନ୍ତି ଏନେଇ ପଚ଼ାରି ବୁଝିବେ । ଛାତ୍ରଛାତ୍ରୀଙ୍କ ଉତ୍ତମ ପ୍ରଦର୍ଶନ ପାଇଁ ଅଭିଭାବକଙ୍କର କାଉନସେଲିଂ ମଧ୍ୟ କରାଯିବ ।














# ଟି ଟାଇମ୍



## ଜୋକ୍ସ

ଚିଣ୍ଟୁ-ବାପା କାଲି ଆମ ସ୍କୁଲକୁ ଯିବ, ଗୋଟେ ଛୋଟିଆ ଗେଟ ଟୁଗେଦର ଅଛି
ବାପା-କିଏ କିଏ ଆସୁଛନ୍ତି ?
ଚିଣ୍ଟୁ-କେହି ନୁହେଁ, ମୁଁ ତମେ ଆଉ ପ୍ରିନ୍ସପାଲ।

ହରି-ମୁଁ ଯେତେବେଳେ ଏଠାକୁ ଆସିଲି ଖାଲି ପାଦରେ ଆସିଥିଲି ।
ଶାମ- ମୁଁ ତ ଖାଲି ଦେହରେ ଆସିଥିଲି।
ହରି-କିପରି ?
ଶାମ- ମୁଁ ପରା ଏଇଠି ଜନ୍ମ ହୋଇଛି ।

## ପୁରାଣ କାହାଣୀ

# ରାମାୟଣ ଆଦ୍ୟକାଣ୍ଡ

ସରଜୁ ନଦୀ କୂଳରେ ଅବସ୍ଥିତ ଅଯୋଧ୍ୟା ନଗରୀ ହେଉଛି କୋଶଳ ରାଜ୍ୟର ରାଜଧାନୀ। କୋଶଳ ନରେଶ ରାଜା ଦଶରଥଙ୍କ ରାଜୁତ କାଳରେ ପ୍ରଜାମାନେ ଅତ୍ୟନ୍ତ ସୁଖରେ କାଳାତିପାତ କରୁଥିଲେ। ରାଜା ଦଶରଥଙ୍କ ତିନି ରାଣୀ ଥିଲେ କୌଶଲ୍ୟା, କୈକେୟୀ ଏବଂ ସୁମିତ୍ରା। ମାତ୍ର ବହୁ ଦିନ ଧରି ରାଜା ଅପୁତ୍ରୀକ ଥିଲେ। ତେଣୁ ଋଷି ବଶିଷ୍ଠଙ୍କ ପରାମର୍ଶ କ୍ରମେ ଋଶ୍ୟଶୃଙ୍ଗ ମୁନୀଙ୍କୁ ନିମନ୍ତ୍ରଣ କରି ତାଙ୍କରି ଦ୍ୱାରା ରାଜା ପୁତ୍ରଷ୍ଟି ଯଜ୍ଞର ଆୟୋଜନ କଲେ। ଯଜ୍ଞର ଫଳର ସ୍ୱରୂପ ପ୍ରଥମେ ରାଣୀ କୌଶଲ୍ୟାଙ୍କ ଗର୍ଭରୁ ରାମ, ରାଣୀ କୈକେୟୀଙ୍କ ଗର୍ଭରୁ ଭରତ ଏବଂ ସୁମିତ୍ରାଙ୍କ ଗର୍ଭରେ ଲକ୍ଷ୍ମଣ ଓ ଶତ୍ରୁଘ୍ନ ଜନ୍ମ ନେଲେ। ପୁରାଣ କହେ, ରାକ୍ଷାସ ରୂପି ରାବଣ ଦେବଗଣଙ୍କୁ ଅତ୍ୟାଚାର କରୁଥିଲା ଏବଂ ରାବଣର ମୃତ୍ୟୁ ମାନବାତାର ରାମଙ୍କ ଦ୍ୱାରା ନିଶ୍ଚିତ ଥିଲା। ତେଣୁ ରାବଣ ବଦ୍ଧ ନିମନ୍ତେ ମର୍ତ୍ତ୍ୟରେ ମାନବ ଅବତାର ଧାରଣ କରିବାକୁ



ଭଗବାନ ବିଷ୍ଣୁ ଇଛା ପ୍ରକଟ କରନେତ୍ ତାଙ୍କରି ଅଂଶରୁ ଭଗବାନଙ୍କ ଗୁଣ ସମ୍ପନ୍ନ ଚାରିପୁଅ ଦଶରଥଙ୍କ କୋଳରେ ଜନ୍ମ ଗ୍ରହଣ କରିଥିଲେ। ସମୟ କ୍ରମେ ଚାରିପୁଅ ଶାସ୍ତ୍ର ବିଦ୍ୟା ଅଧ୍ୟୟନ ସହ ଶାସ୍ତ୍ର ବିଦ୍ୟାରେ ନିପୁଣତା ହାସଲ କଲେ। ରାମଙ୍କୁ ହୋଇଥାଏ ୧୬ ବର୍ଷ ବୟସ। ଋଷି ବିଶ୍ୱାମିତ୍ର ଦିନେ ରାଜା ଦଶରଥଙ୍କ ଦରବାରକୁ ଆସିଲେ। ବଣରେ ଯଜ୍ଞ ନଷ୍ଟ କରୁଥିବା ଅସୁର ଗଣଙ୍କୁ ନିପାତ କରିବା ପାଇଁ ସହାୟତା ସ୍ୱରୂପ ସେ ରାଜା ଦଶରଥଙ୍କୁ ପୁତ୍ର ରାମଙ୍କୁ ମାଗିଲେ। ଭ୍ରାତା ଲକ୍ଷ୍ମଣ ରାମଙ୍କୁ ଅନୁସରଣ କରିବାକୁ ଇଚ୍ଛା ପ୍ରକଟ କରନ୍ତେ ରାଜାଙ୍କ ସମ୍ମତି କ୍ରମେ ଋଷି ରାମ ଓ ଲକ୍ଷ୍ମଣଙ୍କୁ ଧରି ବଣକୁ ଚାଲିଲେ। ସମୟ କ୍ରମେ ରାମ ଓ ଲକ୍ଷ୍ମଣ ଋଷି ମିଶ୍ୱାମିତ୍ରଙ୍କଠାରୁ ବହୁ ଶସ୍ତ୍ର ବିଦ୍ୟା ସହିତ ବିଭିନ୍ନ ଦୈବୀ ଅସ୍ତ୍ର ମଧ୍ୟ ଲାଭ କଲେ ଓ ଋଷିଙ୍କ ହୋମରେ ବିଘ୍ନ ସୃଷ୍ଟି କରୁଥିବା ତାଡକା ଅସୁରୁଣୀ ସହିତ ଅନ୍ୟାନ୍ୟ ଅସୁରମାନଙ୍କୁ ବଦ୍ଧ କଲେ।

# ଶ୍ରୀରାମ ଚନ୍ଦ୍ର ଭଞ୍ଜଦେଓ



ଓଡିଶା ମୟୂରଭଂଜ ଜିଲ୍ଲାର ବାରିପଦା ଠାରେ ଜନ୍ମିତ ଜଣେ ସୁଶାସକ ଓ ଭାଷା ଆନ୍ଦୋଳନର ପୁରୋଧା ଥିଲା। ସେ ରାଜ୍ୟର ମଙ୍ଗଳ ତଥା ପ୍ରଜାଙ୍କ ହିତ ପାଇଁ ସର୍ବଦା ଚେଷ୍ଟିତ୍ ଥିଲେ। ଶ୍ରୀରାମଚନ୍ଦ୍ର ଜଣେ ସରଳ ଓ ଅମାୟିକ ବ୍ୟକ୍ତି ଭାବେ ପରିଚିତ ଥିଲେ। ଛାତ୍ର ବୟସରେ ସହପାଠୀଙ୍କ ସହିତ ସରଳ ଭାବରେ ମିଶୁଥିଲେ। ପାଠ ପଢୁଥିବା ସମୟରେ ସେ ଅନେକ ସ୍ଥାନ ବୁଲି ଯାଇଥିଲେ। ମାତ୍ର ରାଜବେଶ ବା ରାଜ ଢ଼ଙ୍ଗଢ଼ାଙ୍ଗରେ ସେ ଯିବାକୁ ଇଚ୍ଛା କରୁନଥିଲେ। ତାଙ୍କର ଏହି ସରଳ ପ୍ରକୃତି ଯୋଗୁଁ ସେ ସବୁଠାରେ ସମସ୍ତଙ୍କର ଅତି ପ୍ରିୟପାତ୍ର ହୋଇଥିଲେ। ପ୍ରଜା ପାଳନ ରାଜାର ଧର୍ମ ଏ କଥା ଶ୍ରୀରାମଚନ୍ଦ୍ରଙ୍କୁ ଭଲ ଭାବେ ଜଣାଥିଲା। ରାଜଦଣ୍ଡ ଧରିବା ପରେ ଶ୍ରୀରାମଚନ୍ଦ୍ର ରାଜନୀତି ଓ ଦର୍ଶନଶାସ୍ତ୍ରକୁ ଭଲକରି ପଢ଼ିବାରେ ଲାଗିଲେ। ନିଜ ରାଜ୍ୟକୁ ଏକ ଆଦର୍ଶ ରାଜ୍ୟ କରି ଗଢ଼ିବା ପାଇଁ ସେ ବରାବର ଚେଷ୍ଟା କରୁଥିଲେ। ଗୁଣି ଓ ଉଦାର ଲୋକଙ୍କୁ ପାଖରେ ରଖି ସୁଚାରୁ ରୂପେ ରାଜ୍ୟ କରି ଗଢ଼ିବା ପାଇଁ ସେ ବରାବର ଚେଷ୍ଟା କରୁଥିଲେ। ଗୁଣି ଓ ଉଦାର ଲୋକଙ୍କୁ ପାଖରେ ରଖି ସୁଚାରୁ ରୂପେ ରାଜ୍ୟ ଶାସନ କରୁଥିଲେ। ଏହି ସମୟରେ ଉତ୍କଳମଣି ଗୋପବନ୍ଧୁ ଦାସଙ୍କ କାର୍ଯ୍ୟଶୈଳୀ ସମଗ୍ର ରାଜ୍ୟରେ ଗୁଞ୍ଜରିତ ହେଉଥିଲା। ତାଙ୍କ ଗୁଣରେ ମୁଗ୍ଧ ହୋଇ ଶ୍ରୀରାମଚନ୍ଦ୍ର ତାଙ୍କୁ ରାଜ୍ୟ ସରକାରଙ୍କ ଓକିଲ ପଦରେ ନିଯୁକ୍ତି କରିଥିଲେ। ପଣ୍ଡିତ ଗୋପବନ୍ଧୁ ସେତେବେଳେ ସକଳ କାର୍ଯ୍ୟରେ ତାଙ୍କର ପରମ ସଖା ରୂପେ ପରାମର୍ଶଦାତାଥିଲେ। ଶ୍ରୀରାମଚନ୍ଦ୍ର ଓ ଗୋପବନ୍ଧୁ ମଧ୍ୟରେ ଏପରି ଘନିଷ୍ଠ ବନ୍ଧୁତା ଥିଲା ଯେ, କୌଣସି କାର୍ଯ୍ୟ କଲାବେଳେ ଶ୍ରୀରାମଚନ୍ଦ୍ର, ଗୋପବନ୍ଧୁଙ୍କ ପରାମର୍ଶ ନେଉଥିଲେ।

# ଗରିବରୁ ହେଲେ ଧନୀ

ଗରିବ ଚାଷୀ ପରିବାରରେ ଜନ୍ମ ହୋଇଥିଲା ତାଙ୍କର। ମାତ୍ର ନିଜର ଦୃଢଇଚ୍ଛା ଶକ୍ତି ଓ ପରିଶ୍ରମ ବଳରେ ସେ ଆଜି ପାଇଛନ୍ତି ସଫଳତା। କୌଣସି ଡିଗ୍ରୀ ନଥାଇ ମଧ୍ୟ ସେ ଆଜି ସଫଳ ଉଦେଷ୍ଟ୍ୟାଗପତି। ପ୍ରତିଷ୍ଠା କରିଛନ୍ତି ଏୟାରଲାଇନ କମ୍ପାନୀ। ଯାହାଦ୍ୱାରା ତାଙ୍କ ଅଞ୍ଚଳରେ ଜମୁଛି ପର୍ଯଷ୍ଟ୍ୟଟକଙ୍କ ଭିଡ। ଏହି ଉଦେଷ୍ଟ୍ୟାଗପତି ଜଣକ ହେଉଛନ୍ତି ବୁଦ୍ଧିପ୍ରକାଶ ଠାକୁର। ହିମାଚଳ ପ୍ରଦେଶ କୁଲୁ ଜିଲ୍ଲାର ଖାକନାଲ ଗ୍ରାମରେ ଏକ ଚାଷୀ ପରିବାରରେ ଜନ୍ମ ହୋଇଥିଲା ବୁଦ୍ଧି ପ୍ରକାଶଙ୍କର। ତାଙ୍କ ବାପା ନିଜ ଅଧିନରେ ଥିବା କିଛି ଜମି ଚାଷ କରି ପରିବାର ପ୍ରତିପୋଷଣ କରୁଥିଲେ। ନିଜେ ଅଶିକ୍ଷିତ ହେଲେ ମଧ ପିଲାମାନଙ୍କୁ ପାଠପଢାର ସୁଯୋଗ ଦେଇଥିଲେ ତାଙ୍କ ବାପା। ଯାହାଦ୍ୱାରା ବୁଦ୍ଧି ପ୍ରକାଶ ଓ ତାଙ୍କ ଦୁଇ ଭାଇ ଗ୍ରାମର ଏକ ସରକାରୀ ସ୍କୁଲରେ ପାଠପଢୁଥିଲେ। ପାଠପଢା ସହ ମଧ୍ୟ ବୁଦ୍ଧି ପ୍ରକାଶ ତାଙ୍କ ବାପାଙ୍କୁ ଚାଷ କାର୍ଯଷ୍ଟ୍ୟରେ ସାହାଯଷ୍ଟ୍ୟ କରୁଥିଲେ। ସ୍କୁଲ ଶେଷ କରିବା ପରେ ବୁଦ୍ଧି ଉଚ୍ଚ ଶିକ୍ଷା ପାଇଁ ଚାଲିଯାଇଥିଲେ ଚଣ୍ଡିଗଡ।



ସେଠାରେ ଯୁକ୍ତ ଦୁଇ ଶେଷ କରିବା ପରେ ଚଣ୍ଡିଗଡ ବିଶ୍ୱବିଦଷ୍ଟ୍ୟାଳୟରେ ସ୍ନାତକରେ ନାମ ଲେଖାଇଥିଲେ। ନାମ ସିନା ଲେଖାଇଦେଲେ କିନ୍ତୁ ପଢା ଶେଷ କରିପାରିଲେ ନାହିଁ। ପରିବାରର ଆର୍ଥିକ ଅବସ୍ଥା ତାଙ୍କୁ ଆଗକୁ ପଢିବା ପାଇଁ ଦେଇନଥିଲା ଏବଂ ସେ ଫେରି ଆସିଥିଲେ ଗ୍ରାମକୁ। ବାପାଙ୍କ ସହ ମିଶି ଆରମ୍ଭ କଲେ ସେଓ ଚାଷ। ଯାହାକି ଧୀରେ ଧୀରେ କରି ବୃଦ୍ଧି ପାଇଥିଲା। ନିଜ ଅଞ୍ଚଳ ବଷ୍ଟ୍ୟତୀତ ଅନଷ୍ଟ୍ୟ ରାଜଷ୍ଟ୍ୟରେ ବିକ୍ରି କରିବା ଆରମ୍ଭ କରିଥିଲେ ସେମାନେ। ଯାହାଦ୍ୱାରା ପରିବାରର ଆର୍ଥିକ ଅବସ୍ଥାରେ କିଛିମାତ୍ରାରେ ସୁଧାର ଆସିଥିଲା। ମନାଲିଠାରୁ ମାତ୍ର ୯କିଲୋମିଟର ଦୂରରେ ଥିବା ତାଙ୍କ ଗ୍ରାମକୁ ଭ୍ରମଣ ଋତୁରେ ଅନେକ ସଂଖଷ୍ଟ୍ୟାରେ ପର୍ଯଷ୍ଟ୍ୟଟକଙ୍କ ଭିଡ ଲାଗିଥାଏ। ବର୍ଷକୁ ବର୍ଷ ପର୍ଯଷ୍ଟ୍ୟଟକଙ୍କ ବର୍ଦ୍ଧିତ ସଂଖଷ୍ଟ୍ୟାକୁ ଦୃଷ୍ଟିରେ ରଖି ବୁଦ୍ଧିପ୍ରକାଶ ଓ ତାଙ୍କ ବାପା ନିଜ ଗ୍ରାମରେ ଏକ ପାଞ୍ଚ ରୁମ ବିଶିଷ୍ଟ ଯାତ୍ରୀ ନିବାସ ନିର୍ମାଣ କରିଥିଲେ। ଏହାର ପ୍ରାୟ ୬ବର୍ଷ ପରେ ତାଙ୍କର ଏହି ଯାତ୍ରୀ ନିବାସ ସାର୍ଥକ ରିସୋର୍ଟରେ ପରିବର୍ତ୍ତିତ ହୋଇଥିଲା। ୫ଟି ରୁମ ବଦଳରେ ୬୫ଟି ରୁମ ରହିଲା। ରିସୋର୍ଟ ଭଲ ଚାଲିବା ସହ ତାଙ୍କ ପରିବାରର ଆର୍ଥିକ ଅବସ୍ଥାରେ ମଧ ବହୁ ସୁଧାର ଆସିଥିଲା। ଧୀରେ ଧୀରେ କରି ବୁଦ୍ଧିପ୍ରକାଶ ମନାଲି ର ପ୍ରତି ଅଞ୍ଚଳରେ ଜଣେ ସମ୍ମାନସ୍ବଦ ହୋଟେଲ ମାଲିକ ଭାବେ ପରିଚିତ ହୋଇଗଲେ। ବିଭିନ୍ନ ଟୁରିଜିମ କମ୍ପାନୀ ମାନଙ୍କ ସହ କାର୍ଯଷ୍ଟ୍ୟ କରିବାର କିଛିବର୍ଷ ପରେ ସେ ହିମାଳୟ ହଲିଡେଜ ନାମରେ ନିଜର ଏକ କମ୍ପାନୀ ଆରମ୍ଭ କରିଥିଲେ। ଏହି କମ୍ପାନୀ ପର୍ଯଷ୍ଟ୍ୟଟକ ମାନଙ୍କୁ ସେମାନଙ୍କୁ ଇଚ୍ଛା ଓ ବଜେଟ ଅନୁଯାୟୀ ସ୍ଥାନକୁ ବୁଲାଇନେଲା। ମାତ୍ର ଏତିକିରେ ତାଙ୍କ ମନଭରି ନଥିଲା। ସେ ଚାହୁଁଥିଲେ କି ଅଧିକରୁ ଅଧିକ ପର୍ଯଷ୍ଟ୍ୟଟକ ମନାଲି ଆସିବା ସହ ତାଙ୍କ ଗ୍ରାମକୁ ମଧ ଆସନ୍ତୁ। କିନ୍ତୁ ଏଥିରେ ବାଧା ସାଜୁଥିଲା ଗମନାଗମନ। ମନାଲିକୁ ସିଧାସଳଖ ଟ୍ରେନ କିମ୍ବା ବିମାନ ଯାଉନଥିଲା ଏବଂ ବସରେ ଯିବା ପର୍ଯଷ୍ଟ୍ୟଟକଙ୍କ ପାଇଁ ବିପଦଜ୍ଜନକ ହେଉଥିଲା। ଏହି ଅସୁବିଧା ସବୁକୁ ଦୂର କରିବା ପାଇଁ ବୁଦ୍ଧିପ୍ରକାଶ ହିମାଳୟ ହଲିଡେଜ କମ୍ପାନୀ ଅଧିନରେ ଆରମ୍ଭ କଲେ ଏୟାର ହିମାଳୟ ନାମରେ କମ୍ପାନୀ। ନିଜ ସଞ୍ଚିତ ଅର୍ଥ ଓ ବଷ୍ଟ୍ୟାଙ୍କରୁ ଋଣ କରି ନିଜ ଅଞ୍ଚଳରେ ପ୍ରତିଷ୍ଠା କଲେ ଏହି ପ୍ରଥମ ଘରୋଇ ବିମାନ ଚଳାଚଳ କମ୍ପାନୀ। ୨୦୧୪ ଅପ୍ରେଲରେ ଅନଷ୍ଟ୍ୟ ଏକ କମ୍ପାନୀ ଠାରୁ ୯ଟି ସିଟ ଥିବା ଏକ ବିମାନ ଭଡାରେ ଆଣି ଚଣ୍ଡିଗଡ ଠାରୁ କୁଲୁ ରୁଟରେ ଚଳାଇଥିଲେ। ପର୍ଯଷ୍ଟ୍ୟଟକଙ୍କ ଭିଡକୁ ଲକ୍ଷଷ୍ଟ୍ୟ କରି ବିମାନକୁ ଦିନରେ ଦୁଇରୁ ତିନି ଥର ଚଳାଯାଇଥିଲା। କିନ୍ତୁ ୨୦୧୫ ବୁଦ୍ଧିପ୍ରକାଶଙ୍କ ପାଇଁ ଖରାପ ସମୟ ଆଣିଥିଲା। କମ୍ପାନୀ ପ୍ରତିଷ୍ଠା ସମୟର ଜଣେ ସହଯୋଗୀ ହାତ ଛାଡି ଦେଇଥିବାରୁ ଏକାକୀ ବୁଦ୍ଧିଙ୍କୁ ସମସ୍ତ କାର୍ଯଷ୍ଟ୍ୟ ସମ୍ଭାଳିବାକୁ ପଡିଥିଲା। ଆର୍ଥିକ ସଙ୍କଟ ଯୋଗୁଁ ବଷ୍ଟ୍ୟବସାୟରେ ମାନ୍ଦାବସ୍ଥା ଆସିଥିଲା। ତଥାପି ମଧ ବୁଦ୍ଧି ହାର ମାନିନଥିଲେ। ତାଙ୍କର ନିଷ୍ଠା ଆଜି ବି ଏୟାର ହିମାଳୟକୁ ଭାଙ୍ଗିବାକୁ ଦେଇନାହିଁ। ବୁଦ୍ଧିପ୍ରକାଶଙ୍କ କହିବାନୁଯାୟୀ, ରାସ୍ତା କଠିନ ହୋଇଥିଲେ ମଧ ମୁଁ ମୋ ସ୍ୱପ୍ନ ପୂରଣ କରିବାରୁ ବିଚୁଷ୍ଟ୍ୟତି ହେବି ନାହିଁ।

# ରେଷ୍ଟୁରାଣ୍ଟରେ ଦିଆଯାଉଥିଲା କୁକୁର ମାଂସ



ହାଇଦ୍ରାବାଦ ଖାସି ମାଂସ ନାମରେ କୁକୁର ମାଂସ ବିକ୍ରି କରୁଥିବା ଅଭିଯୋଗରେ ଏକ ରେଷ୍ଟୁରାଣ୍ଟ ଉପରେ ନିକଟରେ ଗ୍ରେଟର ହାଇଦ୍ରାବଦ ମୁଷ୍ଟ୍ୟନିସିପାଲ କର୍ପୋରେସନର ଅଧିକାରୀମାନେ ଚଢାଉ କରିଥିଲେ। ଏହି ରେଷ୍ଟୁରାଣ୍ଟର ମାଂସକୁ ଜବତ କରାଯାଇ ପରୀକ୍ଷା ନିମନ୍ତେ ଗବେଷଣାଗାରକୁ ପଠାଇଛନ୍ତି। ପୂର୍ବରୁ ଏଠାରେ କୁକୁର ମାଂସ ବିକ୍ରି ହେଉଥିବା ଅଭିଯୋଗ ଆସିଥିଲା ବେଳେ ସୋସିଆଲ ମିଡିଆରେ ମଧ୍ୟ ଏହି ଫଟୋ ଭାଇରାଲ ହୋଇଛି। ପୂର୍ବରୁ ମ୍ୟୁନିସିପାଲ କର୍ପୋରେସନ ପକ୍ଷରୁ ଏହି ରେଷ୍ଟୁରାଣ୍ଟକୁ ନୋଟିସ ପଠାଯାଇଥିଲା ବେଳେ ଏହାର ମାଲିକ ଇରଫାନ କହିଛନ୍ତି ଯେ ଆମେ କେବେ ବି କୁକୁର ମାଂସ ବିକ୍ରି କରିନାହୁଁ। ଆମ ରେଷ୍ଟୁରାଣ୍ଟର ଭାବମୂର୍ତ୍ତୀକୁ ଖରାପ କରିବା ପାଇଁ କିଛି ବିରୋଧି ଏଭଳି ଚକ୍ରାନ୍ତ କରିଛନ୍ତି।

# ଥକ୍କାପଣ ଦୂର କରିବ ପ୍ରୋଟିନ୍ ଖାଦ୍ୟ



ଅଧିକାଂଶ ସମୟ ଲୋକଙ୍କର ଅଭିଯୋଗ ରହିଆସିଛି ଯେ, ସେମାନେ ଅଳ୍ପ କାମ ରେ ଜଲଦି ଥକିପଡ଼ନ୍ତି । କିଛି ବ୍ୟକ୍ତି ଏଭଳି ବି ଅଛନ୍ତି ଯିଏ କିଛି କାମ ନ କରି ମଧ୍ୟ ଥକ୍କା ଅନୁଭବ କରିଥାନ୍ତି। ଶରୀରରେ ଶକ୍ତିର କମି ଫଳରେ ଜଣେ ବ୍ୟକ୍ତି ଥକ୍କା ଅନୁବବ କରିଥାଏ । ତେଣୁ ଶରୀରକୁ ଶକ୍ତିଶାଳୀ ବନାଇବାପାଇଁ ଆପଣ ଆପଣଙ୍କ ଖାଦ୍ୟରେ ଦିନଚର୍ଯ୍ୟାରେ ପ୍ରୋଟିନ୍ ଯୁକ୍ତ ଖାଦ୍ୟ ସାମିଲ କରନ୍ତୁ । ପୂରା ଦିନ ପାଣି କିମ୍ବା କିଛି ତରଳ ପଦାର୍ଥ ପିଇବା ଉଚିତ୍ । ପାଣି ଶରୀରର ହାନୀକାରକ ତତ୍ତ୍ୱକୁ ବାହାରକୁ ବାହାର କରି ଶାରୀରିକ ପ୍ରଣାଳୀରେ ନୂତନ ଶକ୍ତି ସୃଷ୍ଟି କରିଥାଏ । ସର୍ବତ, ଫଳରସ, ନଡ଼ିଆ ପାଣି ଭଳି ପାଣି ଜିନିଷ ପିଇବା ଉଚିତ୍ । ଶାରୀରିକ ସତେଜ ରହିବା ପାଇଁ ପ୍ରୋଟୀନ୍ ଯୁକ୍ତ ଖାଦ୍ୟ ନିଜ ଖାଦ୍ୟରେ ଗ୍ରହଣ କରିବା ଉଚିତ୍ । କାବ୍ରୋହାଇଡ୍ରେଟ୍ରୁ ଶରୀରକୁ ଶକ୍ତି ମିଳିଥାଏ। ଫଳମାନଙ୍କ ମଧ୍ୟରେ କମଳା, ଆତାବି, ଲିଚି ଆଦି ଖାଇବା ଉଚିତ୍ । ଏଥିରେ ପ୍ରଚୁର ମାତ୍ରାରେ ଗ୍ଲୁକୋଜ ରହିଥାଏ । କ୍ଷୀରରେ ମହୁ ମିଶାଇ ଓ କଦଳୀର ସେକ୍ ପିଇଲେ ଶରୀରକୁ ଭଲ ଶକ୍ତି ମିଳିଥାଏ । ସବୁଠାରୁ ମହତ୍ତ୍ୱପୂର୍ଣ୍ଣ କଥା ହେଉଛି ଆପଣ ପୂରା ଦିନ ଯେତେ କାମ କରିଲେ ମଧ୍ୟ ୭ରୁ ୮ ଘଣ୍ଟାର ନୀଦ ପୂରା କରିବା ଉଚିତ୍ । ଏଭଳି କଲେ ପର ଆପଣଙ୍କୁ ସଠିକ୍ ଶକ୍ତି ମିଳିପାରିବ । ଯେବେ ବି ଥକ୍କାପଣ ଅନୁଭବ ହୁଏ ତେବେ ୧୫ କିମ୍ବା ୨୦ମିନିଟ୍ର ବିଶ୍ରାମ ଯେମିତି ହେଲେ ନେବେ । ନୀଦ ପୂରା ନହେଲେ ଶରୀରର ଓଜନ ମଧ୍ୟ ବଢ଼ିଥାଏ ଓ ଥକ୍କାପଣ ଜଲଦି ଆସିଯାଇଥାଏ ।

# ବିହାରରେ ହେବ ବିଶ୍ୱର ସବୁଠାରୁ ବଡ଼ ମନ୍ଦିର

ପାଟନା ଖୁବଶୀଘ୍ର ବିହାରରେ ତିଆରି ହେବାକୁ ଯାଉଛି ବିଶ୍ୱର ସବୁଠାରୁ ବଡ଼ ମନ୍ଦିର। ଏଥିପାଇଁ ସମସ୍ତ ପ୍ରସ୍ତୁତି ଚୂଡାନ୍ତ ପର୍ଯଷ୍ଟ୍ୟାୟରେ ପହଞ୍ଚି ସାରିଛି। ପୂର୍ବରୁ ଏହି ମନ୍ଦିର ତିଆରି ପାଇଁ ତାରିଖ ଧାର୍ଯଷ୍ଟ୍ୟ ହୋଇଥିଲା ବେଳେ କାମ୍ବୋଡିଆ ସରକାରଙ୍କ ବିରୋଧ କାରଣରୁ ମନ୍ଦିରର ଢାଞ୍ଚାରେ ପରିବର୍ତ୍ତନ କରାଯାଉଛି। ପାଟନାସ୍ଥିତ ମହାବୀର ମନ୍ଦିର ଟ୍ରଷ୍ଟର କିଶୋର କୁଣାଳ କହିଛନ୍ତି ଯେ ଆମେ ଏଠାରେ ଏକ ବିରାଟ ରାମାୟଣ ମନ୍ଦିର ନିର୍ମାଣର ନିଷ୍ପତ୍ତି ନେଇଛୁ। ତେବେ କାମ୍ବୋଡିଆ ସରକାର ଅଭିଯୋଗ ଆଣିଥିଲେ ଯେ ପ୍ରସ୍ତାବିତ ମନ୍ଦିରର ଢାଞ୍ଚା ତାଙ୍କ ଦେଶରେ ଥିବା ଅଙ୍ଗକୋର ବାଟ ମନ୍ଦିରର ଢାଞ୍ଚା ସହ ଦିଶୁଛି। ସେଥିପାଇଁ ଆମେ ଏବେ ମନ୍ଦିରର ଢାଞ୍ଚାରେ ପରିବର୍ତ୍ତନ କରିସାରିଛୁ। ଆସନ୍ତା ହୋଲି ପର୍ବ ପରେ ମନ୍ଦିର



ନିର୍ମାଣ କାର୍ଯଷ୍ଟ୍ୟ ଆରମ୍ଭ ହେବ। ପ୍ରସ୍ତାବିତ ମନ୍ଦିରଟି ପଶ୍ଚିମ ଚମ୍ପାରଣଷ୍ଟ୍ୟ ଜିଲାର କେସରିଆ ନିକଟ ଜାନକି ନଗରର ୧୬୫ଏକର ସ୍ଥାନରେ ତିଆରି ହେବ। ପ୍ରଥମ ପର୍ଯଷ୍ଟ୍ୟାୟରେ ରାମାୟଣ ମନ୍ଦିର, ଶିବ ମନ୍ଦିର ଏବଂ ମହାବୀର ମନ୍ଦିରର ନିର୍ମାଣ ହେବାକୁ ଥିବା ବେଳେ ଏବାବଦରେ ୨୦୦କୋଟି ଟଙ୍କା ଖର୍ଚ୍ଚ କରାଯିବ। ମନ୍ଦିରର ମୁଖଷ୍ଟ୍ୟ ଆକର୍ଷଣ ହେଉଛି ଏହାର ୪୦୫ଫୁଟ ଉଚ୍ଚ ଅଷ୍ଟଭୂଜିୟ ମିନାର। ଏହା କାମ୍ବୋଡିଆର ମନ୍ଦିରର ମିନାର ଠାରୁ ୨୧୫ଫୁଟ ଅଧିକ ଉଚ୍ଚ ହେବ। ଏଥିସହ ମନ୍ଦିର ପରିସରରେ ୪୪ଫୁଟ ଉଚ୍ଚ ଏବଂ ୩୩ଫୁଟ ଗୋଲେଇ ବିଶିଷ୍ଟ ଏକ ଶିବ ଲିଙ୍ଗ ମଧ୍ୟ ପ୍ରତିଷ୍ଠା କରାଯିବାର ଯୋଜନା ରହିଛି। ଯାହା ବିଶ୍ୱର ସବୁଠାରୁ ବଡ଼ ଶିବ ଲିଙ୍ଗ ହେବ।

# ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

# ପ୍ରଦୂଷଣ ବିହୀନ କାର୍

ଗାଡ଼ିମଟରର ବ୍ୟବହାର ପ୍ରଦୂଷଣ ବଢ଼ାଇଥାଏ । କିନ୍ତୁ ଏହି ଫଟୋ ଦେଖି ଆପଣ ଅନୁମାନ ଲଗାଇପାରୁଥିବେ କାର୍ ନିର୍ମାତାମାନେ ପ୍ରଦୂଷଣ ରୋକିବା ପାଇଁ ଅନେକ ପରିଶ୍ରମ କରୁଛନ୍ତି । ଏହା ସ୍ମାର୍ଟ ଫୋରଟୁ କାର୍। ଏଥିରେ ପାଞ୍ଚ ବର୍ଗ ମିଟର କ୍ଷେତ୍ରରେ ଘାସ ଜମା ହୋଇଛି । ଯାହା ପ୍ରକୃତରେ ସତସତିକା ଘାସ ନୁହେଁ ଏହା ସିନ୍ଥେଟିକ ଘାସ। କାର ନିର୍ମାତାମାନେ ସେହି ସିନ୍ଥେଟିକ ଘାସର ବ୍ୟବହାର କରିଛନ୍ତି । ସ୍ମାର୍ଟ ଫୋରଟୁ କାର୍ ମୁବଲ ଲ୍ୟାବର ଗ୍ରୀନ୍ ସ୍କ୍ରିନ୍ ପ୍ରୋଜେକ୍ଟ ଅନ୍ତର୍ଗତ । ମୁବଲଙ୍କ କହିବା ଅନୁସାରେ ରାସ୍ତାରେ ଯେତେବେଳେ ଏହି ଧରଣର କାର୍ ଚଳିବ, ପ୍ରଦୂଷଣ କମ୍ ହେବ ଓ ପର୍ଯ୍ୟାବରଣର ପରିସ୍ଥିତି ସୁଧୁରିବ। ଏହି କାର୍‌କୁ ପ୍ରଥମେ ଜର୍ମାନଠାରେ ଷ୍ଟୁଟଗାର୍ଟରେ ଆସନ୍ତା ବର୍ଷର ପ୍ରଥମ ମାସରେ ସଡ଼କ ଉପରକୁ ଅଣାଯିବ । କମ୍ପାନୀର କହିବାନୁସାରେ ଏହି କାର୍ ପ୍ରତିବର୍ଷ ୭କିଲୋଗ୍ରାମ କାର୍ବନ ଡାଇଅକ୍ସାଇଡ଼ ଗ୍ୟାସ୍ କମ୍ କରିଥାଏ । ଯାହା ଗୋଟିଏ ଗଛ ସେହି ସମୟରେ ୨.୬କାର୍ବନକୁ ସଫା କରିଥାଏ । ଏମିତି ଦେଖିବାକୁ ଗଲେ ଅଟୋ ସେକ୍ଟରର ଇଞ୍ଜିନିୟର ମାନେ ଏବେ ଗ୍ରୀନ୍ ସଲ୍ୟୁସନ୍‌କୁ ନେଇ ଅଧିକ ଜାଗ୍ରତ ଅଛନ୍ତି । ଆମେରିକୀୟ କମ୍ପାନୀ ଫୋର୍ଡ଼ ଗିକି ସହିତ ମିଶି ଏହି ଦିଗରେ କାମ କରୁଛି ।




# ରକ୍ତଦାନ ମହାପୁଣ୍ୟ: ନଷ୍ଟ ହେବା ପରେ ବି କାମରେ ଲାଗୁଛି



ରକ୍ତର ବିକଳ୍ପ ହିଁ ନାହିଁ। ତେବେ ଆଜି ଏହି ରକ୍ତ ସଂକଟ ସ୍ୱାସ୍ଥ୍ୟସେବା କ୍ଷେତ୍ରକୁ ସେତିକି ଚିନ୍ତାଗ୍ରସ୍ତ କରୁଛି ତତୋଧିକ ଉଦ୍‌ବେଳିତ କରୁଛି ମୁମୂର୍ଷୁଙ୍କୁ। ଦିନକୁ ଦିନ ଅଭାବନୀୟ ଘଟଣାଚକ୍ରରେ ଖୋଜା ପଡୁଥିବା ରକ୍ତ ଖୁବ୍ କମ ମାତ୍ରାରେ ମିଳୁଥିବାରୁ ଏହାକୁ ନେଇ ଅଧିକାଂଶ କ୍ଷେତ୍ରରେ ମୁମୂର୍ଷୁଙ୍କର ଜୀବନ ଦୀପ ନିର୍ବାପିତ ହେଉଛି। ସରକାରୀସ୍ତର ଆଉ ବେସରକାରୀସ୍ତରରେ ରକ୍ତଦାନ ଶିବିର ବ୍ୟାପକ ଭାବରେ ଆୟୋଜିତ ହେବା ସହ ଏ ନେଇ ବିଭିନ୍ନ ସଚେତନଧର୍ମୀ କାର୍ଯ୍ୟକ୍ରମ ଅନୁଷ୍ଠିତ ହେଉଛି।

କଥାରେ ଅଛି ରକ୍ତଦାନ ମହାପୂଣ୍ୟ। ରକ୍ତ ଦେଇ କାହାର ମୂଲ୍ୟବାନ ଜୀବନ ରକ୍ଷା କରିବା ଠାରୁ ଆଉ ମହତ କାର୍ଯ୍ୟ କିଛି ନାହିଁ। ଏହି ରକ୍ତ ନା କେବଳ ରୋଗୀ ଶରୀରରେ ପ୍ରବେଶ କରି ତାଙ୍କ ଜୀବନ ରକ୍ଷା କରୁନାହିଁ ବରଂ ଏହାର ବିଭିନ୍ନ ଉପାଦାନ ମଧ୍ୟ ଲୋକଙ୍କୁ ଦୂରାରୋଗ୍ୟ ବ୍ୟାଧିରୁ ରକ୍ଷା କରୁଛି। ଏପରିକି ନଷ୍ଟ ହୋଇଯାଇଥିବା ରକ୍ତରୁ ମଧ୍ୟ ଜୀବନ ରକ୍ଷାକାରୀ ଔଷଧ ପ୍ରସ୍ତୁତ କରିଛନ୍ତି। ଓଡ଼ିଶାରେ ବାର୍ଷିକ ୫ଲକ୍ଷ ୟୁନିଟ ରକ୍ତ ସଂଗ୍ରହ କରାଯାଉଥିବା ବେଳେ ଏହାର ସିଂହଭାଗ ରକ୍ତ ସିଧାସଳଖ ବ୍ୟବହାର ହେଉଛି। ତେବେ ବଳକା କ୍ରତ, ପ୍ଲାଜମା ଏବଂ ଅନ୍ୟ ଗୁରୁତ୍ୱପୂର୍ଣ୍ଣ ଉପାଦାନ ଜୀବନ ରକ୍ଷାକାରୀ ଔଷଧ ପ୍ରସ୍ତୁତି ପାଇଁ ବ୍ୟବହାର ହେଉଛି। ପୂର୍ବରୁ ଏହାକୁ ନଷ୍ଟ କରିଦିଆଯାଉଥିଲା, କିନ୍ତୁ କୋଭିଡ଼ ମହାମାରୀ ପରେ ବ୍ଲଡ଼ ବ୍ୟାଙ୍କ ପକ୍ଷରୁ ଏହାକୁ ଔଷଧ ପ୍ରସ୍ତୁତକାରୀ କମ୍ପାନୀରୁ ଦିଆଯାଉଛି। ଗୁରୁତ୍ୱପୂର୍ଣ୍ଣ କଥା ହେଲା ଏହି ବିକ୍ରି ଅର୍ଥ ସମ୍ପୃକ୍ତ ରକ୍ତ ଭଣ୍ଡାରର ବିକାଶ ପାଇଁ ବ୍ୟୟ କରାଯାଉଛି। ଏହି ଅର୍ଥ ରକ୍ତ ଭଣ୍ଡାର ଉପରେ ନିର୍ଭର କରୁଥିବା ରୋଗୀଙ୍କ କଲ୍ୟାଣ ଦିଗରେ ବ୍ୟୟ କରାଯାଉଛି।

ମଣିଷ ରକ୍ତକୁ ଆଠଟି ବର୍ଗରେ ବିଭକ୍ତ କରାଯାଇଛି। ସେଗୁଡ଼ିକ ହେଲା ଓ+, ଓ-, ଏ+, ଏ, ବି+, ବି- ଏବଂ ଏବି। ବିଶ୍ୱରେ ପ୍ରତି ୩ଜଣରେ ଜଣେ ଓ+, ପ୍ରତି ୧୫ ଜଣରେ ଜଣେ ଓ-, ପ୍ରତି ୩ ଜଣରେ ଜଣେ ଏ+, ପ୍ରତି ୧୬ ଜଣରେ ଜଣେ ଏ-, ପ୍ରତି ୧୨ ଜଣରେ ଜଣେ ବି+, ପ୍ରତି ୬୭ଜଣରେ ଜଣେ ବି-, ପ୍ରତି ୨୯ଜଣରେ ଜଣେ ଏବି+ ଏବଂ ପ୍ରତି ୧୬୭ ଜଣରେ ଜଣେ ଏବି- ରକ୍ତବର୍ଗର ମଣିଷ ଓ- ବର୍ଗର ରକ୍ତ ଯେ କୌଣସି ରକ୍ତବର୍ଗ ଥିବା ମଣିଷ ଗ୍ରହଣ କରିପାରନ୍ତି। ଏଣୁ ଏହାର ଚାହିଦା ସର୍ବାଧିକ। ତେବେ ମାତ୍ର ୭ ପ୍ରତିଶତ ଭାରତୀୟ ଏହି ବର୍ଗର ରକ୍ତଧାରୀ। ପ୍ରତ୍ୟେକ ସୁସ୍ଥ ସବଳ ପ୍ରାପ୍ତ ବୟସ୍କ ମଣିଷ ଶରୀରରେ ପ୍ରାୟ ୧୦ ୟୁନିଟ୍ ବା ୧୦ ପିଣ୍ଟ ରକ୍ତ ଥାଏ। ସେ ଚାହିଁଲେ ପ୍ରତି ୫୬ ଦିନରେ ଥରେ ମାତ୍ର ୧ ପିଣ୍ଟ ରକ୍ତଦାନ କରିପାରେ। ଉଲ୍ଲେଖଯୋଗ୍ୟ ଯେ ହୃଦୟର ଶଲ୍ୟ ଚିକିତ୍ସା ବା ହାର୍ଟ ସର୍ଜରୀ ବେଳେ ୬ ପିଣ୍ଟ ରକ୍ତ, ଅସ୍ଥିମଜ୍ଜା ପ୍ରତିରୋପଣ ବେଳେ ୧୨୦ ପିଣ୍ଟ ରକ୍ତ ଏବଂ ଅଙ୍ଗ ପ୍ରତିରୋପଣ ବେଳେ ୪୦ ପିଣ୍ଟ ରକ୍ତ ଆବଶ୍ୟକ ହୋଇଥାଏ। ତା'ଛଡ଼ା ସଡ଼କ ଦୁର୍ଘଟଣା ଓ ଅଗ୍ନି ଦ୍ୱାରା ଗୁରୁତର ଆହତ ହେଉଥିବା ଲୋକଙ୍କ ପାଇଁ ମଧ୍ୟ ୫୦ ପିଣ୍ଟ ପର୍ଯ୍ୟନ୍ତ ରକ୍ତ ଦରକାର ହୋଇଥାଏ। ରକ୍ତଦାନ ସମ୍ପର୍କରେ ରକ୍ତଦାତା ଓ ରକ୍ତ ନେଉଥିବା ଲୋକଙ୍କ ଭିତରେ ଅନେକ ଭୁଲ ଧାରଣା ଓ ଅନ୍ଧବିଶ୍ୱାସ ରହିଥାଏ। ପ୍ରତ୍ୟେକ ମଣିଷ ଶରୀରରେ ରକ୍ତର ବିଭିନ୍ନ ଉପାଦାନ ୧୨୦ ଦିନ ପର୍ଯ୍ୟନ୍ତ ରହିଲା ପରେ ନଷ୍ଟ ହୋଇଯାଏ। ଶ୍ୱେତରକ୍ତ କଣିକା ମାତ୍ର ସାତ ଘଣ୍ଟା ଶରୀରରେ ରହିପାରୁଥିବା ବେଳେ, ପ୍ଲେଟଲେଟ ପାଞ୍ଚଦିନ ଓ ଲୋହିତ ରକ୍ତକଣିକା ପାଖାପାଖି ଚାରିମାସ ଶରୀରରେ ରହିଲା ପରେ ନଷ୍ଟ ହୋଇଯାଏ। ସବୁଠାରୁ ବଡ଼ କଥା ହେଉଛି ଜଣେ ରକ୍ତଦାତା ରକ୍ତଦାନ କରିବାର ପନ୍ଦର ଦିନ ଭିତରେ ତାଙ୍କ ଶରୀରରେ ଦାନ କରିଥିବା ରକ୍ତର ଭରଣା ହୋଇଯାଇଥାଏ। ସେହିପରି ନିୟମିତ ରକ୍ତଦାନ କରିବା ଦ୍ୱାରା ଶରୀରରୁ ଚର୍ବିର ଅଂଶ କମ୍ ହୋଇଯିବା ସହ ହୃଦରୋଗ ଓ ଉଚ୍ଚରକ୍ତଚାପର ସମ୍ଭାବନା ହ୍ରାସ ପାଇଥାଏ।

ରାଜ୍ୟର ୩୦ ଜିଲ୍ଲାରେ ୫୭ଟି ରକ୍ତ ଭଣ୍ଡାର ରହିଥିବାବେଳେ ବାର୍ଷିକ ପ୍ରାୟ ୫ ଲକ୍ଷ ୟୁନିଟ ରକ୍ତ ସଂଗ୍ରହ କରାଯାଇଥାଏ। ଗତ ବର୍ଷ ୪୯୪୨ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଏବଂ ୨୬୦୫୮୧ ଆଉଟଡୋର କ୍ୟାମ୍ପ ଜରିଆରେ ସମୁଦାୟ ୪୮୬୪୮୧ ୟୁନିଟ ରକ୍ତ ସଂଗ୍ରହ କରାଯାଇଥିଲା। ସଂଗୃହୀତ ରକ୍ତକୁ ବ୍ୟବହାର ଅନୁସାରେ ଭିନ୍ନ ଭିନ୍ନ ତାପମାତ୍ରାରେ ସଂରକ୍ଷିତ ରଖାଯାଇଥାଏ। ତେବେ ୩୫ ଦିନ ପରେ ରକ୍ତ ଆଉ ବ୍ୟବହାରଯୋଗ୍ୟ ହୋଇନଥାଏ। ରାଜ୍ୟରେ ସଂଗ୍ରହ କରାଯାଉଥିବା ସମୁଦାୟ ୟୁନିଟରୁ ପ୍ରାୟ ୧ ପ୍ରତିଶତ ଜୀବନକାଳ ଶେଷ ହୋଇଯାଇଥାଏ। ରକ୍ତ ସଂଗ୍ରହ ପରେ ସେଥିରେ ଏଚଆଇଭି, ହେପାଟାଇଟିସ ବି ଓ ସି, ଏଚ୍‌ଟିଏଲଭି, ୱେଷ୍ଟ ନାଇଲ ଭାଇରସ ଆଦି ଯାଞ୍ଚ କରାଯାଇଥାଏ। ସଂଗୃହୀତ ରକ୍ତରେ ଏହି ରୋଗ ଜୀବାଣୁ ଚିହ୍ନଟ ହେଲେ ତାହା କୌଣସି ରୋଗୀଙ୍କୁ ଦିଆଯାଇ ପାରିବନାହିଁ। ପୂର୍ବରୁ ଏହାକୁ ବୈଜ୍ଞାନିକ ପଦ୍ଧତିରେ ନଷ୍ଟ କରିଦିଆଯାଉଥିଲା। ତେବେ ସମ୍ପ୍ରତି ଏଥିରୁ ଫାର୍ମା କମ୍ପାନୀ ବହୁ ଗୁରୁତ୍ୱପୂର୍ଣ୍ଣ ଉପାଦାୟ ବାହାର କରି ସେଥିରୁ ଜୀବନ ରକ୍ଷାକାରୀ ଔଷଧ ପ୍ରସ୍ତୁତ କରୁଛନ୍ତି। ଅପରପକ୍ଷେ ପ୍ରତ୍ୟେକ ବ୍ଲଡ ବ୍ୟାଙ୍କରେ ରକ୍ତରୁ ପ୍ଲାଜମା ସଂଗ୍ରହ କରାଯାଇଥାଏ। ଗୋଟିଏ ୟୁନିଟ ରକ୍ତରୁ ପ୍ଲାଜମା ସମେତ ପ୍ଲେଟଲେଟ ଓ ପିଆରଭିସି ବାହାର କରାଯାଏ। ଏଗୁଡ଼ିକ କର୍କଟ, ଡେଙ୍ଗୁ, କୋଭିଡ଼ ଆଦି ରୋଗୀଙ୍କୁ ଦିଆଯାଏ। ତେବେ ଅନେକ ସମୟରେ ଏହି ପ୍ଲାଜମା ରୋଗୀଙ୍କ କାମରେ ଆସିନଥାଏ। ପୂର୍ବରୁ ଏହାକୁ ନଷ୍ଟ କରି ଦିଆଯାଉଥିଲା। ତେବେ କେନ୍ଦ୍ର ସରକାର ନୂଆ ଗାଇଡ଼ଲାଇନ ଆଣିବା ପରେ ସେଗୁଡ଼ିକୁ ଟେଣ୍ଡର ମାଧ୍ୟମରେ ଔଷଧ ପ୍ରସ୍ତୁତକାରୀ କମ୍ପାନୀକୁ ଯୋଗାଇ ଦିଆଯାଉଛି ଏବଂ କେନ୍ଦ୍ର ସରକାର ସମ୍ପୃକ୍ତ ରକ୍ତ ଭଣ୍ଡାରକୁ ପ୍ରତିବଦଳରେ ଅର୍ଥ ପ୍ରଦାନ କରୁଛନ୍ତି। ଅବ୍ୟବହୃତ ପ୍ଲାଜମା ସରକାରୀ ନିର୍ଦ୍ଧାରିତ ଦରରେ ଅନୁମତିପ୍ରାପ୍ତ କମ୍ପାନୀକୁ ଯୋଗାଇ ଦିଆଯାଉଛି। ପ୍ଲାଜମାରୁ ଆଲବୁମିନ, ଫାକ୍ଟର-୮, ଫାକ୍ଟର-୯ ପ୍ରସ୍ତୁତ କରାଯାଉଛି। ପ୍ଲାଜମା ପ୍ରତିବଦଳରେ ୟୁନିଟ ପିଛା ରକ୍ତ ଭଣ୍ଡାରକୁ ୧୬୦୦ ଟଙ୍କା ମିଳୁଛି।

ରକ୍ତଦାନ କଲେ କୌଣସି କ୍ଷତି ହୁଏନାହିଁ। କେବଳ ରକ୍ତଦାତାଙ୍କର ଲାଭ ହିଁ ହୋଇଥାଏ। ଜଣେ ଯଦି ୧୮ ବର୍ଷରୁ ରକ୍ତଦାନ ଆରମ୍ଭ କରେ ଏବଂ ପ୍ରତି ୯୦ ଦିନରେ ଥରେ ରକ୍ତ ଦେଇଚାଲେ, ସେ ଷାଠିଏ ବର୍ଷରେ ପହଞ୍ଚିବା ବେଳକୁ ୩୦ ଗ୍ୟାଲେନ୍ ରକ୍ତ ଦେଇଥାଏ। ଯାହାଦ୍ୱାରା କି ଅନ୍ୟୂନ ୫୦୦ ଲୋକଙ୍କ ଜୀବନରକ୍ଷା ସଂଭବ। ସ୍ୱେଚ୍ଛାକୃତ ରକ୍ତଦାନଠାରୁ ବଳି ଅନ୍ୟ କିଛି ନାହିଁ। କୃତ୍ରିମ ରକ୍ତ ସୃଷ୍ଟି କରାଯାଇପାରିବ ନାହିଁ। ଏଣୁ ରକ୍ତଦାନ ଜୀବନଦାନ ସହ ସମାନ ଏକ ମହତ୍ କାର୍ଯ୍ୟ।

**ପ୍ରଫେସର ଡାକ୍ତର ଉମେଶ ଚନ୍ଦ୍ର ପାତ୍ର**
*ବିଭାଗୀୟ ମୁଖ୍ୟ, ହେପାଟୋଲୋଜି ବିଭାଗ, ଶ୍ରୀରାମଚନ୍ଦ୍ର ଭଞ୍ଜ ମେଡ଼ିକାଲ କଲେଜ, କଟକ, ଦୂରଭାଷ : ୯୪୩୭୦୫୧୯୫୭*

# ବିବାଦରେ ଟେରେସାଙ୍କ ଏନ୍‌ଜିଓ



୫୪-ଏ, ଏଜେସି ରୋଡ, କୋଲକାତା-୧୬ ସ୍ଥିତ ମିସନାରୀଜ ଅଫ୍ ଚ୍ୟାରିଟୀ (ମଦର ହାଉସ)କୁ ନେଇ ଏବେ ଚର୍ଚ୍ଚା ଜୋର ଧରିଛି । ନିକଟରେ ପଶ୍ଚିମବଙ୍ଗ ମୁଖ୍ୟମନ୍ତ୍ରୀ ମମତା ବାନାର୍ଜୀ ଅଧିକ ଦୁଇପାଦ ଆଗକୁ ଯାଇ ନିଜଆଡୁ କେନ୍ଦ୍ର ସରକାରଙ୍କ ଉପରେ ଅଭିଯୋଗ କଲେ ଯେ ଏହି ସଂସ୍ଥାର ବ୍ୟାଙ୍କ ଖାତାଗୁଡିକୁ କେନ୍ଦ୍ର ସରକାରଙ୍କ ପକ୍ଷରୁ ନିଷ୍କ୍ରିୟ କରିଦିଆଯାଇଛି । ଏହା ପରେ ପରେ କେନ୍ଦ୍ର ସରକାରଙ୍କ ପକ୍ଷରୁ ଯେଉଁ ସୂଚନା ପ୍ରଦାନ କରାଗଲା ତାହା ହେଲା ସଂସ୍ଥାର ବ୍ୟାଙ୍କ ପକ୍ଷରୁ ଜମାଖାତା ବନ୍ଦ କରିବାକୁ ପ୍ରସ୍ତାବ ଆସିଛି, ସରକାରଙ୍କ ପକ୍ଷରୁ ନୁହେଁ । କାରଣ ବିଦେଶୀ ଅନୁଦାନ ଲାଭ କରୁଥିବା ଏହି ସଂସ୍ଥାର କାଗଜପତ୍ର ଠିକ୍ ନାହିଁ, ଡିସେମ୍ବର ୨୦୨୧ ସୁଦ୍ଧା ଅନୁମତି ଅବଧି ଶେଷ ହୋଇଯାଇଛି । ଖାତାକୁ ଚାଲୁରଖିବା ଲାଗି ଯେଉଁ ନିୟମ ରହିଛି ସଂସ୍ଥା ସେହି ନିୟମାନୁସାରେ କାର୍ଯ୍ୟ ନ କରିବାରୁ ବ୍ୟାଙ୍କ କର୍ତ୍ତୃପକ୍ଷ କେନ୍ଦ୍ର ସରକାରଙ୍କୁ ସୂଚନା ଦେଇଥିଲେ । ମାମଲାଟି ହେଲା ମଦର ଟେରେସାଙ୍କ ଦ୍ୱାରା ଏହି ସଂସ୍ଥାଟି ସେବା ମାଧ୍ୟମରେ ଧର୍ମାନ୍ତରଣ କରିଥାଏ । ଅତୀତ ବର୍ଷମାନଙ୍କରେ ଭାରତରେ ଲକ୍ଷଲକ୍ଷ ସଂଖ୍ୟକ ହିନ୍ଦୁଙ୍କୁ ସେବା ଯୋଗାଇଦେବା ନାମରେ ଖ୍ରୀଷ୍ଟିଆନକୁ ଧର୍ମାନ୍ତରିତ କରିଛି । ଯେହେତୁ ମଦର ଟେରେସା ନୋବେଲ ପୁରସ୍କାର ପାଇଥିଲେ ତେଣୁ ତାଙ୍କ ସଂସ୍ଥା ଯାହା କଲେ ବି କେହି କିଛି କରିବେ ନାହିଁ, କେହି କିଛି କହିବେ ନାହିଁ, ସାତଖୁଣ ମାଫ କଲା ପରି ସବୁ ଆଇନକୁ ଫାଙ୍କିଦେଇ କାମ ହୋଇପାରିବ, ତାହା ଠିକ୍ ନୁହେଁ । ଏହା ମଧ୍ୟ ସତକଥା ଯେ ଅତୀତରେ ଏହି ସଂସ୍ଥା ବିରୋଧରେ କେହି କହିବା ଦୂରେ ଥାଉ, କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବା ବଡ କଷ୍ଟକର ଥିଲା । ଏହି ସଂସ୍ଥା ଉପରେ ଦୃଷ୍ଟି ପକାଇବା ପୂର୍ବରୁ ଭାଟିକାନ ସିଟିର ଲୋକେ ଭିନ୍ନ ଭିନ୍ନ ମାର୍ଗରେ ଥାଇ ଅଦୃଶ୍ୟ ଆକ୍ରମଣ କରୁଥିଲେ ।

ଏବେ ହକ୍ ଆଇ ନାମକ ଏକ ସୋସିଆଲ ମିଡିଆରେ ବିଦେଶୀ ଧନ ଗ୍ରହଣ ଆଇନ (ଏଫସିଆରଏ) ଅନୁଯାୟୀ ମିସନାରୀଜ ଅଫ୍ ଚ୍ୟାରିଟୀ ଯେଉଁ ତଥ୍ୟ ପ୍ରଦାନ କରିଛି, ସେ ବିଷୟରେ ଉଲ୍ଲେଖ କରାଯାଇଛି । ତଥ୍ୟାନୁସାରେ ୭୬ ପୃଷ୍ଠାର ଦଲିଲ ବିଶିଷ୍ଟ ଏହି ସ୍ୱେଚ୍ଛାସେବୀ ସଂସ୍ଥାର ୨୦୨୦-୨୧ର ହିସାବ ଅନୁଯାୟୀ ଗୋଟିଏ ବର୍ଷ ମଧ୍ୟରେ ୪୦୬ଜଣ ଦାତାଙ୍କଠାରୁ ୭୫କୋଟି ୧୯ଲକ୍ଷ ୩ହଜାର ଏକଶହ ଷୋହଳ ଟଙ୍କା ୬୭ପଇସା ପାଇଛି । ଦାତାଙ୍କ ମଧ୍ୟରେ ୩୪୭ ବ୍ୟକ୍ତି ଓ ୫୯ଗୋଟି ସଂସ୍ଥା ରହିଛନ୍ତି । ଆମେରିକାର ମିସନାରୀଜ ଅଫ ଚ୍ୟାରିଟୀ ସଂସ୍ଥାରୁ କେବଳ ୪୪ କୋଟି ୧୯ଲକ୍ଷ କୋଲକାତାର ସଂସ୍ଥାକୁ ଦାନସୂତ୍ରେ ଆସିଛି । ଏହାପରେ ସବୁଠି ବଡ ଦାତା ହେଉଛନ୍ତି ଦକ୍ଷିଣ ଆମେରିକାସ୍ଥିତ ଏକ ବାଣିଜ୍ୟିକ ସଂସ୍ଥା କ୍ରିତି ଫାଇନାନ୍ସ ଯାହା ୧୩କୋଟି ୫୨ଲକ୍ଷ ୮୮ହଜାର ୨୯୦ଟଙ୍କା ଦେଇଛି । ଏହି ବାଣିଜ୍ୟିକ ସଂସ୍ଥାଟି ଦକ୍ଷିଣ ଆମେରିକାର ପାନାମା ସିଟୀରେ କାର୍ଯ୍ୟ କରୁଛି, ଯାହାର ନାମ ପାଣ୍ଡୋରା ପେପର୍ସରେ ରହିଛି ବୋଲି କୁହାଯାଇଛି । ଯାହାର ଠିକଣାଟି ହେଉଛି ଇଷ୍ଟ ୫୩ ଷ୍ଟ୍ରୀଟ, ମାର୍ବେଲ୍ଲା ସ୍ୱିସ ବ୍ୟାଙ୍କ ବିଲଡିଂ ୨ୟ ମହଲା, ରିପବ୍ଲିକ ଅଫ ପାନାମା, ପାନାମା । ଅନ୍ୟ ଏକ ସଂସ୍ଥା ସିମି ଫାଉଣ୍ଡେସନ ଯାହା କ୍ରିତି ଫାଇନାନ୍ସର ମାର୍ଫତ ଠିକଣା ଦେଇଛି ସେ ମଧ୍ୟ ୨୦୧୬-୧୭ରୁ ୨୦୨୦-୨୧ ମଧ୍ୟରେ ମିସନାରୀଜ ଅଫ୍ ଚ୍ୟାରିଟୀକୁ ୩୨କୋଟି ଟଙ୍କା ଦାନ ସୂତ୍ରରେ ପ୍ରଦାନ କରିଛି । କଥା ହେଉଛି ମିସନାରୀଜ ଅଫ୍ ଚ୍ୟାରିଟୀକୁ ଦାନ ଦେଇଥିବା କ୍ରିତି ଫାଇନାନ୍ସର ଦକ୍ଷିଣ ଆମେରିକା ନିର୍ଦ୍ଦେଶକ ଓ ଅଧ୍ୟକ୍ଷ ହେଉଛନ୍ତି ଏଡଗାର୍ଡୋ ଇ.ଡିଆଜ୍ ଯାହାଙ୍କ ନାମ ପାଣ୍ଡୋରା ପେପର୍ସରେ ରହିଛି । ଏଡଗାର୍ଡୋ ପାନାମାର ଅନ୍ୟ ଏକ ସଂସ୍ଥା ବାରୀମିଲ୍ ଇନଭେଷ୍ଟମେଣ୍ଟରେ ମଧ୍ୟ ନିର୍ଦ୍ଦେଶକ ରହିଛନ୍ତି । ସେହି କମ୍ପାନୀର ଅଂଶଧନ ୱିଖର୍ଡଟର ନିର୍ଦ୍ଦେଶକ ହବିଲ ଫଖରୁଦ୍ଦୀନ ଖୋରାକିୱାଲାଙ୍କ ପରିବାରବର୍ଗଙ୍କ ନାମରେ ରହିଛି ଏବଂ ତାଙ୍କ ପରିବାର ପାନାମାର ସଂସ୍ଥାରେ ୨୦ ମିଲିଅନ ଡଲାର ଅଂଶଧନ ରଖିଛନ୍ତି, ଯାହା ଦୁର୍ନୀତିର ତାଲିକାରେ ରହିଛି । ଏକଥା ସତ ଯେ ୨୫୦ରୁ ଅଧିକ ବ୍ୟାଙ୍କ ଖାତାରୁ ମିସନାରୀଜ ଅଫ୍ ଚ୍ୟାରିଟୀ କୋଲକାତାର ସଂସ୍ଥାକୁ ଗତ ୧୫ବର୍ଷରେ ୧୦୯୯ କୋଟି, ଗତ ୫ବର୍ଷରେ ୪୨୬କୋଟି ଏବଂ ଗତ ଗୋଟିଏ ବର୍ଷରେ ୭୫ କୋଟି ଅର୍ଥ ଆସିଛି । ଏହି ସଂସ୍ଥାକୁ ଟ୍ରଷ୍ଟି ଅଫ ଦି ସୋସାଇଟୀ ଅଫ୍ ଦି ମିସନାରୀଜ ଅଫ ଚ୍ୟାରିଟୀ ପାଖରୁ ୫କୋଟି ୩୭ଲକ୍ଷ ୯୯ହଜାର ୫୨୮ଟଙ୍କା, ମିସନାରୀଜ ଅଫ ଚ୍ୟାରିଟୀ ଲୋନ୍ ପାଖରୁ ୩କୋଟି ୯୦ଲକ୍ଷ, ଜୁ ଚି ଫାଉଣ୍ଡେସନ ୭୭ଲକ୍ଷ ୬୪ହଜାର ୯୮୮ଟଙ୍କା, ହିନ୍ଦୁସ୍ତାନ ୟୁନିଲିଭର ଲିମିଟେଡ ୭୦ଲକ୍ଷ, ଏଡଭୋକାଥୁସେଟ ହୋର୍ଟେନ ୬୫ଲକ୍ଷ ୫୫ ହଜାର ୮୯୯ ଟଙ୍କା, ୟୁଏଲଏମ୍ ଫାମିଲୀ ଫାଉଣ୍ଡେସନ ୬୩ଲକ୍ଷ ୬୫ହଜାର ୩୭୮ଟଙ୍କା, ଚୁଜି ଫାଉଣ୍ଡେସନ ମୁଖ୍ୟାଳୟ ୪୯ଲକ୍ଷ ୧୦ହଜାର ୯୯୦ଟଙ୍କା ଦେଇଛନ୍ତି । ଆମେ ୧୦ଜଣ ଦାତାଙ୍କ ତାଲିକା ଦେଲୁ । ଏମିତି ଏହି ତାଲିକା ଖୁବ୍ ଲମ୍ବା ରହିଛି । କଥା ହେଉଛି ପୃଥିବୀର ଟିକସ ଚୋରୀ ପାଇଁ କୁଖ୍ୟାତ ପାନାମା ସିଟୀର ଏହି ଅଳ୍ପ ପରିଚିତ କମ୍ପାନୀ କିମ୍ବା ବ୍ୟକ୍ତି ବିଶେଷ କିପରି ଏତେ ବଡ ପରିମାଣର ଅର୍ଥଦାନ କରିଛନ୍ତି ତାହା ହେଉଛି ସନ୍ଦେହର ବିଷୟ, ଅନୁସନ୍ଧାନ ସାପେକ୍ଷ । କାରଣ ବାରିମିଲର ଦୁଇ ନିର୍ଦ୍ଦେଶକ ଏବଂ ଏଡିଗାର୍ଡୋ ପାନାମାର ଅନ୍ୟ ଏକ କମ୍ପାନୀ ପୁରଉଡ ଇନଭେଷ୍ଟମେଣ୍ଟରେ ନିର୍ଦ୍ଦେଶକ ରହିଛନ୍ତି । ଏହିସବୁ ସଂସ୍ଥାର ଆଇନଗତ କାର୍ଯ୍ୟ ଏଲେମେନ୍, କୋର୍ଡେରୋ, ଗାଲିଣ୍ଡୋ ଏଣ୍ଡ ଲି ହାତରେ ରହିଛି । ପୂର୍ବରୁ ପାଣ୍ଡୋରା ପେପର୍ସ ଦୁର୍ନୀତିରେ ଥିବା ସଂସ୍ଥାର ନାମରେ ଭାରତର କିଛି ସଂସ୍ଥାଙ୍କ ସଂପୃକ୍ତି ରହିଥିବା ନେଇ ଅତୀତରେ ସମ୍ବାଦ ପ୍ରକାଶ ପାଇଛି । ଏ ବିଷୟରେ ଭାରତ ସରକାର ଅଧିକ ଅନୁସନ୍ଧାନ କରିବାକୁ ଦାବି ମଧ୍ୟ ଉଠିଛି । ଏବେ ଯଦି ସନ୍ଦେହଜନକ କାର୍ଯ୍ୟରେ ଲିପ୍ତ ଥିବା ଏହିସବୁ ସଂସ୍ଥାଗୁଡିକର ଅର୍ଥ ଦାନସୂତ୍ରରେ ଭାରତର ଏକ ସଂସ୍ଥାକୁ ଆସିଛି, ତେବେ ସେହି ସଂସ୍ଥାର ମଧ୍ୟ ସେହିସବୁ ବିଦେଶୀ ସଂସ୍ଥାଗୁଡିକ ସହ ଅନୈତିକ ସଂପର୍କ ରହିଥିବା ସମ୍ଭବ, ଏଥିରେ ସନ୍ଦେହ କରିବାର ନାହିଁ ।





ଏଠାରେ ଉଲ୍ଲେଖଯୋଗ୍ୟ ଯେ ବିଦେଶରୁ ଅନୁଦାନ ଲାଭ କରୁଥିବା ଏନ୍‌ଜିଓ (ସ୍ୱେଚ୍ଛାସେବୀ ସଂଗଠନ)ଗୁଡିକ ୩୧ ଡିସେମ୍ବର ୨୦୨୧ସୁଦ୍ଧା ସେମାନଙ୍କ ଜମାଖାତା ଷ୍ଟେଟ ବ୍ୟାଙ୍କ ଅଫ୍ ଇଣ୍ଡିଆ ଶାଖାରେ ଖୋଲିବା ପାଇଁ କେନ୍ଦ୍ର ସରକାର ନିର୍ଦ୍ଦେଶ ଦେଇଥିଲେ । ବିଦେଶୀ ଅନୁଦାନ ଲାଭ କରୁଥିବା ଦେଶର ୨୨୮୩୦ ଗୋଟି ପଞ୍ଜିକୃତ ଏନ୍‌ଜିଓ ମଧ୍ୟରୁ ପ୍ରାୟ ୧୯୦୦୦ ବ୍ୟାଙ୍କ ଜମାଖାତା ଖୋଲିଥିଲେ ହେଁ ଅନେକ ସଂସ୍ଥା ଏପର୍ଯ୍ୟନ୍ତ ତାହା କରିନାହାନ୍ତି । ବିଦେଶୀ ଅନୁଦାନ ଆଇନ ୨୦୨୦ର ସଂଶୋଧନ ଅନୁଯାୟୀ ଏହା କରିବା ବାଧ୍ୟତାମୂଳକ । ପୂର୍ବରୁ ବିଦେଶୀ ଅନୁଦାନ ପାଇଁ ନିୟମିତ ହିସାବ ଦେଖାଉନଥିବା ୬୬୦୦ ଏନ୍‌ଜିଓଙ୍କୁ କେନ୍ଦ୍ର ସରକାର ୨୦୧୬-୨୦ ମଧ୍ୟରେ କଳାତାଲିକାଭୁକ୍ତ କରି ସେମାନଙ୍କ ପଞ୍ଜିକରଣ ରଦ୍ଦ କରିଛନ୍ତି । ଏହିସବୁ ଏନ୍‌ଜିଓଗୁଡିକ ବିରୋଧରେ ଅନୁଦାନ ଅର୍ଥର ଅପବ୍ୟବହାର ସଂପର୍କୀତ ଅନେକ ପ୍ରମାଣ ମିଳିଥିଲା । ଏହି ନିର୍ଦ୍ଦେଶ ବିରୋଧରେ ଚଳିତବର୍ଷ ଜୁଲାଇ ମାସରେ ରାୟ ଦେଇ ଜୁନ୍-୩୦, ୨୦୨୧ପରେ ବାର୍ଷିକ ଆୟ-ବ୍ୟୟ ତଥ୍ୟ ନଦେଇପାରିଲେ ସରକାର କୌଣସି ପଦକ୍ଷେପ ନେଇପାରିବେ ନାହିଁ ବୋଲି ଦିଲ୍ଲୀ ହାଇକୋର୍ଟ କହିଥିଲେ । ଫଳରେ ସରକାର ସେହି ସମୟ ୩୧ ଡିସେମ୍ବରକୁ ବୃଦ୍ଧି କରିବାକୁ ବାଧ୍ୟ ହୋଇଥିଲେ । କେନ୍ଦ୍ର ଗୃହ ମନ୍ତ୍ରଣାଳୟ ତଥ୍ୟାନୁଯାୟୀ ୨୦୧୬-୧୯ମଧ୍ୟରେ ବିଦେଶରୁ ଭାରତର ସ୍ୱେଚ୍ଛାସେବୀ ସଂସ୍ଥା (ଏନ୍‌ଜିଓ)ଗୁଡିକଙ୍କ ନିକଟକୁ ୫୮୦୦୦କୋଟି ଟଙ୍କା ଅନୁଦାନ ଅର୍ଥ ଆସିଥିଲା । ତେବେ ଅନେକ ଅନୁଷ୍ଠାନ କାର୍ଯ୍ୟ ଅପେକ୍ଷା ନିଜ ବାବଦରେ ଅଧିକ ବେହିସାବୀ ଖର୍ଚ୍ଚ କରିଥିବାର ଲକ୍ଷ୍ୟ କରାଯାଇଥିଲା । ଅନେକ ସ୍ଥଳରେ ଏହି ସଂସ୍ଥାଗୁଡିକ ମାଧ୍ୟମରେ ବିଦେଶରୁ ଅର୍ଥ ଆସି ସନ୍ତ୍ରାସବାଦୀଙ୍କ ଅସ୍ତ୍ରଶସ୍ତ୍ର କିଣା ପାଇଁ ମଧ୍ୟ ଯୋଗାଇ ଦିଆଯାଇଥିବାର ଦୃଷ୍ଟାନ୍ତ ଦେଖିବାକୁ ମିଳିଥିଲା । ଏପରିକି ଅନେକଗୁଡିଏ ବିକାଶମୂଳକ ସରକାରୀ ପ୍ରକଳ୍ପକୁ ବନ୍ଦକରିବା ପାଇଁ ତଥାକଥିତ ଆନ୍ଦୋଳନର ଷଡଯନ୍ତ୍ର ପାଇଁ ମଧ୍ୟ ଅର୍ଥ ପ୍ରଦାନ ହୋଇଥିଲା । ଅତୀତରେ ତାମିଲନାଡୁର ଆଣବିକ ଶକ୍ତି ପ୍ରକଳ୍ପକୁ ବନ୍ଦ କରିବା ପାଇଁ ଦୁଇବର୍ଷ ଯାଏଁ ଯେଉଁ ଲମ୍ବା ଆନ୍ଦୋଳନ ଚାଲିଥିଲା ତା ପଛରେ ବିଦେଶୀଶକ୍ତିଙ୍କ ଏହି ଅନୁଦାନ ରହିଥିବାର ପ୍ରମାଣ ମିଳିଥିଲା । ଉକ୍ତ ପ୍ରକଳ୍ପ ରୁଷିଆର ସହଯୋଗରେ ନିର୍ମିତ ହେଉଥିବାରୁ ଆମେରିକା ଓ ୟୁରୋପର ଅନେକ ରାଷ୍ଟ୍ର ସେହି ପ୍ରକଳ୍ପ ବନ୍ଦ କରିବା ପାଇଁ ଏନ୍‌ଜିଓମାନଙ୍କୁ ଅବିରତ ଆନ୍ଦୋଳନ ଜାରି ରଖିବାକୁ ପ୍ରଚୁର ଅର୍ଥ ଯୋଗାଇ ଦେଇଥିଲେ । ଫଳରେ ଅନେକ ସମୟ ନଷ୍ଟ ହେବା ସହ ପ୍ରକଳ୍ପ ନିର୍ମାଣ ବାଧାପ୍ରାପ୍ତ ହେବା ଯୋଗୁ ଖର୍ଚ୍ଚ ମଧ୍ୟ ବଢିଥିଲା । ଦେଶର ବିକାଶରେ ପ୍ରତିବନ୍ଧକ ସୃଷ୍ଟି କରିବାକୁ ବିଦେଶୀ ଅର୍ଥରେ ସଇତାନୀ କାର୍ଯ୍ୟରତ ଏନ୍‌ଜିଓ ନିୟନ୍ତ୍ରଣ ପାଇଁ କେନ୍ଦ୍ର ସରକାର ଆଇନରେ ସଂଶୋଧନ ଆଣିଥିଲେ ।

କହିବା କଥା ହେଲା ଡିସେମ୍ବର ମାସ ୨୭ ତାରିଖ ଦିନ ପଶ୍ଚିମବଙ୍ଗ ମୁଖ୍ୟମନ୍ତ୍ରୀ ଟ୍ୱିଟରରେ ଲେଖିଲେ ଯେ ମଦର ଟେରେସାଙ୍କ ମିସନାରୀ ଅଫ ଚ୍ୟାରିଟୀର ବ୍ୟାଙ୍କ ଜମାଖାତାକୁ ନିଷ୍କ୍ରିୟ କରାଯିବା ଯୋଗୁ ୨୨୦୦୦ ରୋଗୀ ଓ କର୍ମଚାରୀ ଭୋକିଲା ରହିବା ସହ ଔଷଧରୁ ବଞ୍ଚିତ ହୋଇଛନ୍ତି । ପଶ୍ଚିମବଙ୍ଗର ବିରୋଧୀଦଳ ନେତା ସୂର୍ଯ୍ୟକାନ୍ତ ମିଶ୍ର ମଧ୍ୟ ସମାନପାଠକୁ ଟ୍ୱିଟ କରି ସମର୍ଥନ ଜଣାଇଲେ । କଥା ହେଲା ଏହି ସଂସ୍ଥା ଅନେକ ସମୟରେ ବିବାଦରେ ରହିଆସିଛି । ଜୁଲାଇ ୨୦୧୮ରେ ଝାଡଖଣ୍ଡରେ ଏହି ସଂସ୍ଥା ନାମରେ ପିଲା ବିକ୍ରୀ ଅଭିଯୋଗ ଆସିଥିଲା । ଝାଡଖଣ୍ଡ ସିଆଇଡି ବିଭାଗ ପକ୍ଷରୁ ମିସନାରୀଜ୍ ଅଫ ଚ୍ୟାରିଟୀ ସମେତ ଅନ୍ୟ ବିଦେଶୀ ଅନୁଦାନ ପ୍ରାପ୍ତ ଏନ୍‌ଜିଓଙ୍କ ଏଫ୍‌ସିଆରଏ ଆଇନ ଉଲ୍ଲଙ୍ଘନ ଅନୁସନ୍ଧାନ ସିବିଆଇ ଦ୍ୱାରା କରାଯିବାକୁ ସୁପାରିଶ କରାଯାଇଥିଲା । ଗତ ୧୪ ଡିସେମ୍ବର ୨୦୨୧ରେ ଗୁଜରାଟର ବଡୋଦରା ଜିଲ୍ଲାର ମକରପୁରା ପୋଲିସ ଥାନାରେ ମିସନାରୀଜ ଅଫ୍ ଚ୍ୟାରିଟୀ ବିରୋଧରେ ହିନ୍ଦୁ ଯୁବତୀମାନଙ୍କୁ ଅର୍ଥଲୋଭ ଦେଖାଇ ଧର୍ମାନ୍ତରିତ ଉଦ୍ୟମ କରାଯାଉଥିବା ଅଭିଯୋଗ ଆସିଥିଲା ।

ମିସନାରୀଜଗୁଡିକର ପ୍ରଚରଦ୍ୱାରା ଖ୍ରୀଷ୍ଟିଆନମାନେ ହିନ୍ଦୁ ଦେବାଦେବୀ ମନ୍ଦିରକୁ ଅପବିତ୍ର କଲାପରି ଘଟଣା ୨୭ ଡିସେମ୍ବର ୨୦୨୧ରେ କର୍ଣ୍ଣାଟକର ଦକ୍ଷିଣ ମାଙ୍ଗାଲୁରୁ ଅନ୍ତର୍ଗତ କୋରାଇନା କାଟେ ମନ୍ଦିରରେ ଦେଖାଯାଇଛି । ୬୨ବର୍ଷୀୟ ଖ୍ରୀଷ୍ଟିଆନ ବ୍ୟକ୍ତି ଦେବଦାସ ଦେଶାଇ (ପି-ଜନ୍ ଦେଖାଇ) ଏକ ବର୍ଷ ହେବ ରାତିରେ ଭିନ୍ନ ଭିନ୍ନ ହିନ୍ଦୁମନ୍ଦିରର ଦାନପାତ୍ରରେ ବୁଲି ବୁଲି ବ୍ୟବହୃତ କଣ୍ଡୋମମାନ ପକାଉଥିଲା । ୨୭ଡିସେମ୍ବର ରାତିରେ ସମାନ ଢଙ୍ଗରେ ମନ୍ଦିର ଦାନପାତ୍ରରେ କଣ୍ଡୋମ ପକାଉଥିବାର ସିସିଟିଭି ଫୁଟେଜକୁ ମନ୍ଦିର କର୍ତ୍ତୃପକ୍ଷ ପୁଲିସକୁ ଦେଇ ଅଭିଯୋଗ କରିଥିଲେ । ହୁବୁଳିର ଉନ୍‌କଲ ବାସିନ୍ଦା ଏହି ଅଭିଯୁକ୍ତକୁ ପୁଲିସ ଗିରଫ କଲାପରେ ସେ ପୂର୍ବରୁ ଏହିପରି କଣ୍ଡୋମ ପକାଇଥିବାର ଦୋଷକୁ ସ୍ୱୀକାର କରିଥିଲା । ଚଳିତବର୍ଷ ଜାନୁଆରୀ ମାସରେ ସେ ପୂର୍ବତନ ମୁଖ୍ୟମନ୍ତ୍ରୀ ୟେଦୁରପ୍ପା ଏବଂ ତାଙ୍କ ପୁତ୍ର ବିଜୟେନ୍ଦ୍ରଙ୍କ ପୋଷ୍ଟରକୁ କଦର୍ଯ୍ୟ କରିବା ସହ ଏକ କଣ୍ଡୋମ ମଧ୍ୟ ମାଙ୍ଗାଲୋରର ଉଲାଲ ନିକଟସ୍ଥ କୋରାଗଜ୍ଜା ଗୁଳିଗଜ୍ଜା ଦେବସ୍ଥାନରେ ପକାଇଥିଲା । ପୋଲିସ ନିକଟରେ ସେ ଏହାର କାରଣ ସ୍ୱରୂପ ମିସନାରୀଜଙ୍କ ଭୁଲ ପ୍ରଚାରରେ ପ୍ରଭାବିତ ହୋଇଥିବା ଉଲ୍ଲେଖ କରିଛି ।

ଏସବୁ ଦୃଷ୍ଟିରୁ ମିସନାରୀଜ ଅଫ୍ ଚ୍ୟାରିଟୀ ଭାରତୀୟ ସାମ୍ବିଧାନିକ ବ୍ୟବସ୍ଥାର ସୁବିଧାକୁ ଦୁରୁପଯୋଗ କରି ବିଦେଶୀ ଅର୍ଥରେ ଯେଉଁ ଦେଶ ଭଙ୍ଗା କାର୍ଯ୍ୟ ଜାରି ରଖିଛି ସେ ନେଇ ଅଧିକ ଅନୁସନ୍ଧାନ କରାଯିବା ସହ କଠୋର କାର୍ଯ୍ୟାନୁଷ୍ଠାନ ହେବା ବାଞ୍ଛନୀୟ ।

*-ଭାରତୀୟ ସମ୍ବାଦ ସେବା (ଭାସ୍)*
*ଭୁବନେଶ୍ୱର-୭୫୧୦୦୩*

# ମହାତ୍ମା ଗାନ୍ଧୀଙ୍କ ହରିଜନ ପଦଯାତ୍ରାର ସ୍ମାରକୀ ସଭା



କେନ୍ଦ୍ରାପଡା (ପିଏନ୍): ୧୯୩୪ ମସିହା ମେ ମାସ ୨୭ ରୁ ୨୯ ତାରିଖ ୩ଦିନଧରି ଜାତିର ପିତା ମହାତ୍ମା ଗାନ୍ଧୀ ସ୍ଥାନୀୟ ଗରାପୁର ଡାକବଙ୍ଗଳା ଠାରେ ହରିଜନ ପଦଯାତ୍ରରେ ଆସି ଅବସ୍ଥାନ କରିଥିଲେ । ଏହି ଯାତ୍ରା ସମୟରେ ଗାନ୍ଧିଜୀ ଚାନ୍ଦୋଳର ସଲାର ମଠ ଠାରେ ୨୬ ତାରିଖ ଦିନ ଖୋଲା ପଡିଆରେ ରାତ୍ରରେ ରହି ତା ପରଦିନ ବାଲିଆ, ତିନିମୁହାଣୀ ଆଦି ସ୍ଥାନରେ ସଭା କରିଥିଲେ । ୩୦ ତାରିଖ ଦିନ ବାରିମୂଳ ଗାନ୍ଧୀ ପଡିଆ ଠାରେ ସଭା କରିବା ପରେ ଇନ୍ଦୁପୁରର ଧୂମାତ ଠାରେ ଭକ୍ତବିଳାସ ମଠରେ ହରିଜନମାନଙ୍କୁ ମନ୍ଦିର ପ୍ରବେଶ କରାଇ ଛୁଆଁ ଅଛୁଆଁ ଜାତି ଭେଦକ ଦୂର କରିଥିଲେ । ଉକ୍ତ ଐତିହାସିକ ଦିନକୁ ସବୁଦିନ ମନେ ପକାଇବାକୁ କେନ୍ଦ୍ରାପଡା ଜିଲ୍ଲା ସ୍ୱାଧୀନତା ସଂଗ୍ରାମୀ ସମିତି ଓ ଉତ୍ତର ଦାୟଦ ସଂଗଠନ ଗରାପୁର ଡାକବଙ୍ଗଳା ଠାରେ ଜିଲ୍ଲା ସ୍ୱାଧୀନତା ସଂଗ୍ରାମୀ ସଭାପତି ବିମ୍ବାଧର ମୁଦୁଲିଙ୍କ ସଭାପତିତ୍ୱରେ ଏକ ସାଧାରଣ ସଭା ଅନୁଷ୍ଠିତ ହୋଇଥିଲା । ଏଥିରେ ଜିଲ୍ଲା କମିଟିର ମୁଖ୍ୟ ଉପଦ୍ଦେଷ୍ଟା ତଥା ପ୍ରାକ୍ତନ ଅଧ୍ୟକ୍ଷ ନନ୍ଦକିଶୋର ପରିଡା ମୁଖ୍ୟ ଅତିଥିଭାବେ ଯୋଗଦେଇ ଉକ୍ତ ଅନୁଷ୍ଠାନ କିପରି ସବୁଦିନ ବଞ୍ଚି ରହିବ ଓ ଉତ୍ତର ପିଢିଙ୍କୁ ଗାନ୍ଧୀଙ୍କ ବାର୍ତ୍ତା ପ୍ରଚାର କରିବା ପାଇଁ ଉତ୍ତର ଦାୟଦମାନଙ୍କୁ ପରାମର୍ଶ ଦେଇଥିଲେ । ଅନ୍ୟତମ ଅତିଥି କେନ୍ଦ୍ରାପଡା ବିକାଶ ସାମୁଖ୍ୟର ସମ୍ପାଦକ ଅଜୟ ସାମଲ ଆଗାମୀ ଦିନରେ ସମସ୍ତେ ସହଯୋଗ କରିବାକୁ ପ୍ରତିଶ୍ରୁତି ଦେଇଥିଲେ । ସମ୍ମାନନୀୟ ଅତିଥି ବିପିନ ବିହାରୀ ବାରିକ, ଦାୟଦ ସଂଘର ସଭାପତି କୁଳମଣୀ ରାଉତ, ପରିବେଶବିତ୍ ତଥା ସମାଜସେବୀ ନିକିରାଇ ହାଇସ୍କୁଲର ପ୍ରଧାନ ଶିକ୍ଷକ ପାର୍ଥସାରଥୀ ବେହେରା ବକ୍ତବ୍ୟ ରଖିଥିଲେ । ସ୍ୱାଧୀନତା ସଂଗ୍ରାମୀ ସମିତିର ସମ୍ପାଦକ ଗୋପାଳ କୃଷ୍ଣ ଜେନା ସମ୍ପାଦକୀୟ କ୍ରମରେ ୩ଟି ପ୍ରସ୍ତାବ ରଖିଥିଲେ । ସେଗୁଡିକ ହେଲା ଡାକବଙ୍ଗଳା ଛକକୁ ଗାନ୍ଧୀଛକ ଘୋଷଣ, ଗୁଲନଗରଠାରୁ ଇନ୍ଦୁପୁର ରାସ୍ତାର ନାମ ଗାନ୍ଧୀମାର୍ଗ ଓ ପ୍ରତିବର୍ଷ ମେ ମାସ ୨୮ ତାରିଖକୁ ପଦଯାତ୍ରା ଦିବସ ଭାବେ ସରକାର ପାଳନ କରିବାକୁ ପ୍ରଶାସନକୁ ଅନୁରୋଧ କରିଥିଲେ । ଏଥିରେ ଅନ୍ୟମାନଙ୍କ ମଧ୍ୟରେ ଦାୟଦ ସଂଘ ସମ୍ପାଦକ ପଦ୍ମନାଭ ଦାସ, ରମଣୀ ରଞ୍ଜନ ରାଉତ, ଆଦିକନ୍ଦ ରାଉଳ, ସୁରେଶ ପଟ୍ଟନାୟକ, ବୈଷ୍ଣବ ଚରଣ ସ୍ୱାଇଁ, ରମେଶ ଚନ୍ଦ୍ର ପ୍ରଧାନ, ଅମୂଲ୍ୟ ସାହୁ, ନିରଞ୍ଜନ ସାହୁ, ଅକ୍ଷୟ ରାଉତ, ପ୍ରଦୀପ ଦାସ, ଗଦାଧର ନାୟକ, କୃପାସିନ୍ଧୁ ଦାସ, ସସ୍ମିତା ମିଶ୍ର, କାର୍ତ୍ତିକ ମଣ୍ଡଳ, ବଳରାମ ସାହୁ, ମୁକ୍ତାର ଖାଁ, ବସନ୍ତ ପଲେଇ, ନେତ୍ରାନନ୍ଦ କର ଆଦି ଦାୟାଦମାନେ ଯୋଗ ଦେଇଥିଲେ । ସଚ୍ଚିଦାନନ୍ଦ ନାୟକ ଧନ୍ୟବାଦ ଦେଇଥିଲେ ।

## ନମୁନା ସଂଗ୍ରହ ପରେ ଘିଅ କାରଖାନା ସିଲ୍

ବାଲେଶ୍ୱର (ପିଏନ୍)- ବାହାନଗା ବ୍ଲକ ଅନ୍ତର୍ଗତ ଗୋପାଳପୁର ଅଞ୍ଚଳରେ ଥିବା ଏକ ଘିଅ ପ୍ରସ୍ତୁତ କାରଖାନାରେ ଜିଲ୍ଲା ଖାଦ୍ୟ ସୁରକ୍ଷା ବିଭାଗ ପକ୍ଷରୁ ଚଢ଼ଉ କରାଯିବା ପରେ ପୁଲିସ ପକ୍ଷରୁ ଉକ୍ତ କାରଖାନାକୁ ସିଲ୍ କରିଦିଆଯାଇଛି। ଜିଲ୍ଲା ଖାଦ୍ୟ ସୁରକ୍ଷା ଅଧିକାରୀ ଅନୁଶ୍ରୀ ଖଟୁଆଙ୍କ ନେତୃତ୍ୱରେ ଏକ ଟିମ୍ ଓ ପୁଲିସ ମିଳିତ ଭାବରେ ଉକ୍ତ କାରଖାନାରେ ଚଢ଼ଉ କରି ସେଠାରେ ପ୍ରସ୍ତୁତ ହେଉଥିବା ଦୁଇଟି ବ୍ରାଣ୍ଡର ଘିଅ, ଚାହା ଓ ସୋୟାବଡ଼ିର ନମୁନା ସଂଗ୍ରହ କରାଯାଇ କାରଖାନାର କାଗଜ ପତ୍ର ଯାଞ୍ଚ କରାଯାଇଥିଲା। କାରଖାନାରୁ ସଂଗ୍ରହ ହୋଇଥିବା ନମୁନା ଭୁବନେଶ୍ୱରସ୍ଥିତ ନମୁନା ପରୀକ୍ଷାଗାରକୁ ପଠାଯାଇ ରିପୋର୍ଟ ଆସିଲେ ପରବର୍ତ୍ତୀ କାର୍ଯ୍ୟାନୁଷ୍ଠାନ ନିଆଯିବ ବୋଲି ଜଣାଯାଇଛି। ପୁଲିସ କାରଖାନାକୁ ସିଲ୍ କରିଛି।

## ––'ମୁଁ ଶିକ୍ଷାକର୍ମୀ କହୁଛି' ଉନ୍ମୋଚିତ––
# ଶିକ୍ଷୟିତ୍ରୀ ପ୍ରେମଶୀଳା ରାଉତରାୟଙ୍କୁ ଅବସରକାଳୀନ ସମ୍ବର୍ଦ୍ଧନା

ଖୋର୍ଦ୍ଧା (ପିଏନ୍): ନରଣଗଡ଼ କେନ୍ଦ୍ର ପ୍ରାଥମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷୟିତ୍ରୀ ତଥା ଖୋର୍ଦ୍ଧାର ବିଭିନ୍ନ ସାହିତ୍ୟ ସଂଗଠନର ସଦସ୍ୟା ଶ୍ରୀମତୀ ପ୍ରେମଶୀଳା ରାଉତରାୟଙ୍କୁ ବିଦ୍ୟାଳୟ ପରିସରରେ ଉଚ୍ଛ୍ୱସିତ ଅବସରକାଳୀନ ବିଦାୟ ସମ୍ବର୍ଦ୍ଧନା ଦିଆଯାଇଛି। ଗୋଳବାଇ ହାଇସ୍କୁଲର ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ଶରତ ଚନ୍ଦ୍ର ଦାଶଙ୍କ ସଭାପତିତ୍ୱରେ ଐତିହାସିକ ସତ୍ୟବାଦୀ ବଳିଆରସିଂହ, ଖୋର୍ଦ୍ଧା ବ୍ଲକ୍ ଅତିରିକ୍ତ ଗୋଷ୍ଠୀ ଶିକ୍ଷାଧିକାରୀ ସତ୍ୟବାନ ଶ୍ରୀଚନ୍ଦନ, ରାଜ୍ୟ ୟୁଜି ମିଇ ସ୍କୁଲ ଶିକ୍ଷକ ସଂଘ ସମ୍ପାଦକ ରବି ଶତପଥୀ, ଜିଲ୍ଲା ଶିକ୍ଷକ ସଂଘ ସମ୍ପାଦକ ଦେବରାଜ ପ୍ରଧାନ, ବ୍ଲକ୍ ପ୍ରାଥମିକ ଶିକ୍ଷକ ସଂଘ ସଭାପତି ଯୁଧିଷ୍ଠିର ସାହୁ, ଭୁବନେଶ୍ୱର ପ୍ରାକ୍ତନ ଗୋଷ୍ଠୀ ଶିକ୍ଷାଧିକାରୀ ଧୂଶାସନ ବଳବନ୍ତରାୟ, ବିଶ୍ୱ ଜୀବନ ସେବା ସଂଘର ସମ୍ପାଦକ ବୈଦ୍ୟନାଥ ବରାଳ, ସାହିତ୍ୟିକ ରମେଶ ଚନ୍ଦ୍ର ପାତ୍ର, ଓରବରସିଂ ହାଇସ୍କୁଲର ପ୍ରାକ୍ତନ ପ୍ରଧାନ ଶିକ୍ଷକ ଦିବାକର ପଟ୍ଟନାୟକ ପ୍ରମୁଖ ସେମାନଙ୍କ ବକ୍ତବ୍ୟରେ ସେ ଜଣେ ଆଦର୍ଶ ଶିକ୍ଷୟିତ୍ରୀ, ପ୍ରଧାନ ଶିକ୍ଷୟିତ୍ରୀ ତଥା ସିଆରସିସି ଥିଲେ ବୋଲି ମତ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ପ୍ରଧାନ ଶିକ୍ଷକ ପ୍ରହଲ୍ଲାଦ ବାରିକ, ଭାଗିରଥି ପଟ୍ଟନାୟକ, ଅମୀୟ ପରିଡ଼ା, ସରୋଜିନୀ ସାହୁ, ବିକ୍ରମ କେଶରୀ ଚମ୍ପତି, ନଳିନୀ ଦାଶ, ପ୍ରଭାତ କୁମାର ଦାଶ, ରଶ୍ମୀରାଣୀ ଖୁଂଟିଆ, ତମାଳ ଦେଇ, କଳ୍ପନା ବିଧାର ଓ ଗୋବର୍ଦ୍ଧନ ରଣଜିତ୍ ପ୍ରମୁଖ ବିଦାୟୀ ପ୍ରଧାନଶିକ୍ଷୟିତ୍ରୀଙ୍କର ବହୁମୁଖୀ ଗୁଣାବଳୀ ପ୍ରଦାନ କରିଥିଲେ। ଏହି ଅବସରରେ ଶ୍ରୀମତୀ ରାଉତରାୟଙ୍କର ଏକ ପୁସ୍ତକ 'ମୁଁ ଶିକ୍ଷାକର୍ମୀ କହୁଛି' ଉନ୍ମୋଚିତ ହୋଇଥିଲା। ଶିକ୍ଷକ ଶୁଭ୍ରାଂଶୁ ରଂଜନ ପାଲଟାସିଂହ ଅତିଥି ପରିଚୟ ଓ ଧନ୍ୟବାଦ ଦେଇଥିଲେ।

## ଶ୍ରୀଜଗନ୍ନାଥ ଭାଗବତ ଟୁଙ୍ଗୀର ବାର୍ଷିକ ଉତ୍ସବ

ଗୋଳାବନ୍ଧ (ପିଏନ୍): କେନ୍ଦୁଝର ଜିଲ୍ଲା ଘଟଗାଁ ବ୍ଲକ ଅନ୍ତର୍ଗତ ଖୁଣ୍ଟପଡା ଗ୍ରାମରେ ଶ୍ରୀ ଶ୍ରୀ ଜଗନ୍ନାଥ ଭାଗବତ ଟୁଙ୍ଗୀର ବାର୍ଷିକ ଉତ୍ସବ ଗତ ମାସ ୩ ତାରିଖ ଠାରୁ ଆରମ୍ଭ ହୋଇ ୧୦ ତାରିଖ ଦିନ ଉଦ୍‌ଯାପିତ ହୋଇଯାଇଛି । ପ୍ରଥମ ଦିନରେ ଭଗ୍ୟ କଳସ ଯାତ୍ରା ଓ ଗୀତାଯଜ୍ଞ ସମେତ ନାମ କୀର୍ତ୍ତନ କରାଯାଇଥିଲା । ଏଥିରେ ସର୍ବଶ୍ରୀ କମଳ ଲୋଚନ ପଣ୍ଡା, ସୁଜିତ କୁମାର ପଣ୍ଡା, ଦେବବ୍ରତ ପଣ୍ଡା, ଅଭିଜିତ ପଣ୍ଡା ପ୍ରମୁଖ ପୂଜାପାଠ ଓ ଗୀତା ପାଠ କରିଥିଲେ । କର୍ତ୍ତା ଓ କର୍ତ୍ତ୍ରୀ ଭାବେ ନାରଦ ନାୟକ ଓ ତାଙ୍କର ସହଧର୍ମିଣୀ ରଶ୍ମିତା ନାୟକ ଦାୟିତ୍ୱ ତୁଲାଇ ଥିଲେ । ଆଖପାଖରୁ ଅନେକ ଭାଗବତ ପ୍ରେମୀ ଓ ଶ୍ରଦ୍ଧାଳୁମାନେ ଏଥିରେ ଯୋଗଦେଇ ଠାକୁରଙ୍କ ଅମୃତବାଣୀ ଶ୍ରବଣ କରିଥିଲେ । ଭାଗବତ ଟୁଙ୍ଗୀର ତତ୍ତ୍ୱାବଧାରକ କାର୍ଯ୍ୟକ୍ରମର ପ୍ରମୁଖ ଜୟଦେବ ପଣ୍ଡା ସମସ୍ତ ଦାୟିତ୍ୱକୁ ସଠିକ୍ ଭାବେ ତଦାରଖ କରିଥିଲେ ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...

ଋଗ୍ ବେଦ ୧୦/୧୯୧-୨-୪

ପର୍ଯ୍ୟବେକ୍ଷକ
ସମ୍ପାଦକୀୟ
ଭୁବନେଶ୍ୱର, ୨୦୨୩, ଅଗଷ୍ଟ ୩୧

# କବୟିତ୍ରୀ ଅମୃତା ପ୍ରୀତମ୍


ଶେଖ ଫରିଦ୍‌ଉଦ୍ଦିନ

୧୯୧୯ ମସିହା ଆଜିର ଦିନରେ ପ୍ରସିଦ୍ଧ କବୟିତ୍ରୀ ଅମୃତା ପ୍ରତିମ୍‌ଙ୍କ ଜନ୍ମ ହୋଇଥିଲା। ସେ ଭାରତର ଜଣେ ପ୍ରସିଦ୍ଧ ମହିଳା ଲେଖିକା, ସାହିତ୍ୟକାର, ନିବନ୍ଧକାର ତଥା କବୟିତ୍ରୀ ଥିଲେ। ପଞ୍ଜାବୀ ଏବଂ ହିନ୍ଦୀ ଭାଷାରେ ସେ ଅନେକ କବିତା ଲେଖିଯାଇଛନ୍ତି। ତାଙ୍କୁ ପଞ୍ଜାବର ପ୍ରଥମ ମହିଳା କବୟିତ୍ରୀ ବୋଲି ମଧ୍ୟ କୁହାଯାଏ। ତାଙ୍କୁ ଭାରତ ଏବଂ ପାକିସ୍ତାନ ଉଭୟ ପକ୍ଷରୁ ଭଲପାଇବା ମିଳିଥିଲା। ନିଜ ଲେଖନୀ ଚାଳନାର ଜୀବନୀ ମଧ୍ୟରେ ସେ ୧୦୦ରୁ ଉର୍ଦ୍ଧ୍ୱ କବିତା ପୁସ୍ତକ, ଜୀବନୀ, ନିବନ୍ଧ ଏବଂ ପଞ୍ଜାବୀ ଲୋକଗୀତ ତଥା ଆତ୍ମକଥା ଲେଖିଛନ୍ତି। ତାଙ୍କ ଲେଖାକୁ ଅନେକ ଭାରତୀୟ ଭାଷା ଏବଂ ବିଦେଶୀ ଭାଷାରେ ଅନୁବାଦ କରାଯାଇଛି। ଭାରତ ବିଭାଜନ ପରେ ସେ ଭାରତର ପଞ୍ଜାବକୁ ଚାଲିଆସିଲେ। କିନ୍ତୁ ଏହାର ପ୍ରଭାବ ତାଙ୍କ ପ୍ରସିଦ୍ଧ ଉପରେ ପଡ଼ିନଥିଲା। ବିଭାଜନ ପରେ ବି ପାକିସ୍ତାନୀ ଲୋକେ ତାଙ୍କ କବିତାକୁ ଖୁବ୍ ପସନ୍ଦ କରୁଥିଲେ। ୧୯୫୬ରେ ପଞ୍ଜାବ ସାହିତ୍ୟରେ ତାଙ୍କୁ ମହିଳାଙ୍କ ମୁଖ୍ୟ ସ୍ୱର ରୂପେ ଦର୍ଶାଗଲା। ଏହି ଲେଖନୀ ପାଇଁ ତାଙ୍କୁ ସାହିତ୍ୟ ଏକାଡ଼େମୀ ପୁରସ୍କାର, ଜ୍ଞାନପୀଠ, ପଦ୍ମବିଭୂଷଣ ଆଦି ସମ୍ମାନରେ ସମ୍ମାନିତ କରାଯାଇଥିଲା। ୨୦୦୫ ମସିହା ଅକ୍ଟୋବର ୩୧ରେ ଅମୃତା ଶେଷ ନିଃଶ୍ୱାସ ତ୍ୟାଗ କରିଥିଲେ।

ଦୂରସଞ୍ଚାର ଭବନ, ଲିଙ୍କରୋଡ଼, କଟକ,
ଦୂରଭାଷ : ୯୪୩୭୦୦୪୮୮୮

# ଅଖିଳ ବ୍ରହ୍ମାଣ୍ଡପତି ଆହେ ଦୀନବନ୍ଧୁ...


ମୋହନ କୁମାର ଭଞ୍ଜ

'ଅଖିଳ ବ୍ରହ୍ମାଣ୍ଡପତି ଆହେ ଦୀନବନ୍ଧୁ, ପତିତଜନପାବନ ଆହେ ଜଗବନ୍ଧୁ, ଆଦ୍ୟମାର୍ଗଶିର ମାସର ଶୀତ, ଶ୍ରୀକୃଷ୍ଣ ଜାଣନ୍ତି ରାଧିକା ଚିତ୍ତ, ଦୁଃଖୀର ଜୀବନ ଦୁଃଖସଙ୍ଗାତ, କାହୁଁ ଆଣିଦେବି କମଳାକାନ୍ତ ମୋ କାହ୍ନୁରେ' ଏହି ବିଲକ୍ଷଣ କବିତାର ପ୍ରାଣସ୍ରଷ୍ଟା ଥିଲେ ପଞ୍ଚସଖା ଅଚ୍ୟୁତାନନ୍ଦ । ଷୋଡ଼ଶ ଶତାବ୍ଦୀର ଓଡ଼ିଶା ତା'ର କଳା, ସାହିତ୍ୟ ଓ ସାଂସ୍କୃତିକ ସନନ୍ଦକୁ ପୂର୍ଣ୍ଣତ ଅନ୍ଧାରରୁ ଆଲୋକକୁ ଆଣିପାରିନାହିଁ କହିବା ଯଦିଓ ଅପ୍ରାସଙ୍ଗିକ ମନେହୁଏ, ତେବେ ଏହି ଶତାବ୍ଦୀଟି ଆମ ସାଂସ୍କୃତିକ ଜୀବନ ଧାରାର ଏକ ସନ୍ଧିକାଳ ଥିଲା । ଅଚ୍ୟୁତାନନ୍ଦ ଜଗନ୍ନାଥ, ବଳରାମ ଆଦି କୃତକର୍ମା ଆଧ୍ୟାତ୍ମିକ ସାହିତ୍ୟିକମାନଙ୍କ ଏହି ସନ୍ଧିକାଳରେ ଅଭ୍ୟୁଦୟ ଘଟିଥିଲା । ସାଧକଶିଳ୍ପୀ ଅଚ୍ୟୁତାନନ୍ଦ ଦାସ ଖ୍ରୀଷ୍ଟିୟ ଶୋଷଡ଼ ଶତାବ୍ଦୀର ଉତ୍କଳର ଆରାଧ୍ୟ ଦେବତା ଜଗନ୍ନାଥ ତଥା ତାଙ୍କ ଅନ୍ତରଙ୍ଗ ସ୍ୱରୂପ ଏବଂ ନିଜ ଗୁରୁ ପରମ୍ପରା ସମ୍ବନ୍ଧରେ ନିଜସ୍ୱ ଗ୍ରନ୍ଥଗୁଡ଼ିକରେ ବହୁ ପ୍ରାମାଣିକ ତଥ୍ୟ ରଖିଯାଇଛନ୍ତି । କବି ଅଚ୍ୟୁତାନନ୍ଦ କ୍ଷତ୍ରିୟ ଗୋପିନାଥଙ୍କ ନାତି ଓ ଅଚ୍ୟୁତାନନ୍ଦ ଦୀନବନ୍ଧୁଙ୍କ କୋଳମଣ୍ଡନ କରିଥିଲେ । ତେବେ ତାଙ୍କ ପିତା ରାଜାଙ୍କର କରଣ କର୍ମ କରୁଥିବାରୁ କବି ଅଚ୍ୟୁତାନନ୍ଦ କରଣପୁତ୍ର ଭାବେ ବୋଲାଇଥିଲେ ବି ମାତ୍ର ସେ ପାଲଟିଯାଇଥିଲେ ଶୂଦ୍ର । ତାଙ୍କର 'ବର୍ଣ୍ଣ ସଂହିତା'ରେ ବର୍ଣ୍ଣନା ଅନୁଯାୟୀ 'ନାହିଁ ମୋହର ବିପ୍ରବର୍ଣ୍ଣେ ଆଶା, କ୍ଷତ୍ରିୟ ବଶ୍ୟରେ ନାହିଁ ଭରସା, ଶୂଦ୍ୟ ବର୍ଣ୍ଣରେ ସେବାପ୍ରାପ୍ତ ହୋଇଏ, ଅହଂକାର ନାହିଁ ଶୂଦ୍ରର ଦେହେ' । ତାଙ୍କ ପିତାମହଙ୍କ ଦେହାନ୍ତ ପରେ ଅଚ୍ୟୁତଙ୍କ ପିତା ଦୀନବନ୍ଧୁ ମହାରାଜା ପ୍ରତାପରୁଦ୍ରଙ୍କ କୃପାଲାଭ କଲାବେଳକୁ ତାଙ୍କ ପରିବାର ଦାରିଦ୍ର୍ୟ ନିପୀଡ଼ିତ ହୋଇସାରିଥିଲେ । ତାଙ୍କର 'ଶୂନ୍ୟ ସଂହିତା' (୧୮୦୦ ଅଧ୍ୟାୟର) ତଥ୍ୟ ଅନୁଯାୟୀ ସେ ନିଜ ବାଲ୍ୟ ଜୀବନର ଉଲ୍ଲେଖ କରିଛନ୍ତି 'ତିଳ କଣାରେ ମୁଁ ଜନମ ଲଭିଲି, କେହି ନ ଚିହ୍ନିଲେ ମୋରେ, ଅଗଣିତ ବୋଲି ମାତା ଡାକୁଥାନ୍ତି, ଅନ୍ନ ନ ମିଳଇ ଘରେ' । ବୈଷ୍ଣବୀୟ ନମ୍ରତା ବା ଦାସ୍ୟଭାବର ମୂର୍ତ୍ତିମନ୍ତ ପ୍ରତୀକ ଦୀନ ଅଚ୍ୟୁତ ଏକ ରାଜବଂଶରେ ପାଣିଗ୍ରହଣ କରିଥିଲେ । ବୈଷ୍ଣବ କବି ଯଶୋବନ୍ତ ଦାସଙ୍କ ପରିବାରରେ ବୈବାହିକ ସମ୍ପର୍କ କାଳକ୍ରମେ ଯୋଡ଼ି ହୋଇଥିଲା । ସଂସାରବିରାଗୀ ଅଚ୍ୟୁତାନନ୍ଦଙ୍କୁ ସଂସାରୀ ହେବାକୁ ଯଶୋବନ୍ତ ହିଁ ପ୍ରବର୍ତ୍ତାଇଥିଲେ । ତାଙ୍କ 'ଯୁଗାବ୍ଧି ଗୀତା' ଭାଷାରେ "ବଇରାଗ ଭାବେ କିଛି ଦିନ ଗଲା, ଅନ୍ତର୍ଯ୍ୟାମୀ ନାଥ କରୁଣା ହେଲା, ଅଢ଼ଙ୍ଗ ବିଶେ ଭୂପତିର ଝିଅ, ମତେ ସମର୍ପିଲା ଅତି ସେନେହ"। କାଳକ୍ରମେ ଦାରିଦ୍ର୍ୟ ନିପୀଡ଼ିତ ଅଚ୍ୟୁତାନନ୍ଦ ପତିତ ଜନତାର ସାଂସ୍କୃତିକ ତଥା ଧାର୍ମିକ ଚିତ୍ତବତ୍ତିର ପ୍ରତିନିଧି ହୋଇ ପାଲଟିଥିଲେ ମହାପୁରୁଷ ସିଦ୍ଧମୁନି । ନୀଳାଚଳ ଧାମର ଜାତିବର୍ଣ୍ଣହୀନ ଧାର୍ମିକ ସମାଜର ଆତ୍ମିକ ବୈଶିଷ୍ଟ୍ୟ ହିଁ ପଞ୍ଚସଖାଙ୍କୁ ଅନୁପ୍ରାଣିତ କରିଥିଲା । ଷୋଡ଼ଶ ଶତାବ୍ଦୀର ପ୍ରଥମ ପାଦରେ ଏମାନେ ସାହିତ୍ୟ କ୍ଷେତ୍ରରେ ଯଶସ୍ୱୀ ପଦାଙ୍କ ଅଙ୍କନ କଲାପରେ ମହାପ୍ରଭୁ ଶ୍ରୀ ଚୈତନ୍ୟଙ୍କ ଓଡ଼ିଶାରେ ଆବିର୍ଭାବ ଘଟି ସାରିଥିଲା । ଶୂନ୍ୟ ସଂହିତାର ବର୍ଣ୍ଣନା ଅନୁଯାୟୀ 'ଆମ୍ଭର ଆତ୍ମା ତୁମ୍ଭେ ପାଞ୍ଚ ଜଣ, ତେଣୁ ତୁମ୍ଭ ଆଗେ କହିଲୁ ପୁଣ, ଆମ୍ଭେ ପାଞ୍ଚଶାଖା ରହି ନିଶ୍ଚଳେ, ଧାୟିଲୁ ତାଙ୍କ ଚରଣକମଳେ' । ବାସ୍ତବିକ୍ ଧାର୍ମିକ ଚିଷ୍ଟବୃତ୍ତି ଓ ଉତ୍କଳୀୟ ଭାବଧାରାରେ ଏମାନେ ଅଭିନ୍ନ ହେଲେ ବି ନିଜ ନିଜ ଭିତରେ ସ୍ୱତନ୍ତ୍ରତା ପ୍ରକାଶ କରିଛନ୍ତି । ଚୈତନ୍ୟଙ୍କ ପାଣ୍ଡିତ୍ୟ ତାଙ୍କୁ ମୁଗ୍ଧ କରିବାରୁ ଅଚ୍ୟୁତାନନ୍ଦ ତାଙ୍କ ଶିଷ୍ୟତ୍ୱ ସ୍ୱୀକାର କରିଥିଲେ । ସେ ଭବିଷ୍ୟତ ମାଳିକା ରଚନା କରି ତାଙ୍କ ଦିବ୍ୟଦୃଷ୍ଟିରେ ଦେଖିଥିବା ଭବିଷ୍ୟତର ସମ୍ଭାବ୍ୟ ଘଟଣା ଓ ଘୋର କଳି ପରେ ସତ୍ୟ ଆଗମନର ଆଶ୍ୱାସନାମୟ ବାର୍ତ୍ତା ପ୍ରଦାନ କରି 'ବରଣ ଚରିତ ଗୀତା'ରେ ଲେଖିଛନ୍ତି – "ସେବଣ ଠାବରୁ ତିନି ରାଜୁତି ଏ ମହୀ, କଳିକୁ ଯାଇ ସୁଖ ନ ରହିବ ମହୀ" । ସମଗ୍ର ବରଣଚରିତ ଗୀତାଟିର ଗୁରୁ ଅଚ୍ୟୁତାନନ୍ଦ ଓ ଶିଷ୍ୟ ରାମଚନ୍ଦ୍ର ଦାସଙ୍କ ବାର୍ତ୍ତାଳାପ ରୀତିରେ ରଚିତ ହୋଇଛି । ରାହାସ କୀର୍ତ୍ତନର ଆଦ୍ୟ ପୁରୋଧା ଅଚ୍ୟୁତାନନ୍ଦ ନିଜ ଭାଷାରେ ବର୍ଣ୍ଣନା କରିଛନ୍ତି "ବସନ୍ତ ରାହାସ ନୀଳା ଉତ୍ସବ କରିବା, ଗୋପାଳ ପୁଅଙ୍କୁ ଯେହ୍ନେ ବରଣ କରିବା । ଅଚ୍ୟୁତାନନ୍ଦଙ୍କ ରାସଗୁରୁ ଥିଲେ ଭାଗବତକାର ଜଗନ୍ନାଥ ଦାସ । ଅଚ୍ୟୁତାନନ୍ଦ ତାଙ୍କର ସଭାବସିଦ୍ଧ ଶୈଳୀରେ ନିଜ ବଂଶାନୁଚରିତ ଭବିଷ୍ୟତ ଭାରତର ସ୍ୱରୂପ, ଧାର୍ମିକ ତଥା ନୈତିକ ଜୀବନର ଅଧୋପତନଧର୍ମୀ ସୂଚନା ଆଧ୍ୟାତ୍ମିକମୟ ସାରସ୍ୱତ ଭାଷାରେ ବର୍ଣ୍ଣନା କରିଯାଇଛନ୍ତି । ସାମାଜିକ ସତର୍କବାଣୀ ଶୁଣାଇ ଭବିଷ୍ୟତପ୍ରତି ସଚେତନ ହେବାକୁ କହିଯାଇଛନ୍ତି । ତାଙ୍କ ଭିନ୍ନସ୍ୱାଦର ଦୀର୍ଘ କବିତା 'ନିଶି ଅବକାଶ' ବେଶ୍ ଲୋକପ୍ରିୟ । ଧର୍ମାଦର୍ଶ ଦୃଷ୍ଟିରୁ ଓ ମହାନ୍ ଭାବାବେଗର ଅମୃତ ଚିନ୍ତନ ଦୃଷ୍ଟିରୁ ଶହ ଶହ ବର୍ଷ ପରେ ଓଡ଼ିଶାର ପୁରପଲ୍ଲୀରେ ଜନସାଧାରଣ ଅଚ୍ୟୁତାନନ୍ଦଙ୍କ ରଚନାବଳିକୁ ଭାବବିହ୍ୱଳ କଣ୍ଠରେ ଆବୃତ୍ତି କରିଆସୁଛନ୍ତି ।

*କୋକମୁଣ୍ଡା, ଚାନ୍‌ଚେର, କେସିଙ୍ଗା, କଳାହାଣ୍ଡି,*
*ଦୂରଭାଷ : ୯୯୩୮୯୦୪୭୭୫*

# ଅମୃତ ଦୀପ୍ତି ସନ୍ତାନ ତୁମେ, ମରଣ ତୁମର କାହିଁ


ସମ୍ବିତ କୁମାର ସ୍ୱାଇଁ

ଶ୍ରୀମଦ୍ ଭାଗବତରେ ଉଲ୍ଲେଖ ଅଛି – 'ଦେହ ବହିଲେ ନିଶ୍ଚେ ମରି, ସଂସାର ନୁହଁଇ କାହାରି। ବୃକ୍ଷର ତଳେ ଜେହ୍ନେ ଆସି, ପଥକୁ ବିଶ୍ରାମନ୍ତି ବସି। ପୁଣି ଚଳନ୍ତି ଶ୍ରମ ସାରି, ସେ ବୃକ୍ଷ ନୁହଁଇ କାହାରି।' ଏହା ଅବିସମ୍ବାବିତ ସତ୍ୟ। ମୋହମାୟା ସଂସାରରେ ସମସ୍ତେ ନିଜ ନିଜ କର୍ମକୁ ଆଧ୍ୟାତ୍ମିକ ପଥରେ କ୍ୱଚିତ୍ ନେଇଥାନ୍ତି। ଆମ ସମୟରେ ଜଣେ ନୀରବ ଜୀବନ ସାଧକ ଥିଲେ ମୋ ବାପା ଶାରଦା ପ୍ରସାଦ ସ୍ୱାଇଁ। ଜୀବନକୁ ସେ କେବଳ ବଞ୍ଚି ନାହାନ୍ତି, ଜୀବନକୁ କେବଳ ସେ ସାଧି ସାଧି ପରିଶେଷରେ ଈଶ୍ୱର ପ୍ରାପ୍ତି ହୋଇଛନ୍ତି। ଜଣେ ତେଲ ଲୁଣ ସଂସାର ଓ ସାମାଜିକ ଦାୟିତ୍ୱ ପ୍ରତିପାଦନ ସହ ସାର୍ବଜନୀନ ସାଧନା ଦ୍ୱାରା କିପରି ଦିବ୍ୟତ୍ୱ ପ୍ରାପ୍ତି ବା ଦିବ୍ୟ ଜୀବନ ଲାଭ ହୋଇପାରିବ ସେ ତା'ର ଯଥାର୍ଥ ପ୍ରତୀକ ଥିଲେ। ମନେପଡୁଛି ଏକ ବେଦ ଉପନିଷଦର ଦର୍ଶନର ଧାଡିଟିଏ – 'ସ ଜାତୋ ଯେନ ଜାତେନ ଯାତି ବଂଶଃ ସମୁନ୍ନତିମ୍। ପରିବର୍ତ୍ତିନି ସଂସାରେ ମୃତଃ କୋବା ନ ଜାୟତେ।' ଦୁର୍ଲଭ ମଣିଷ ଜୀବନର ସଫଳତା କର୍ମ ଉପରେ ହିଁ ନିର୍ଭର କରିଥାଏ। ଏ ସଂସାରରେ କେତେ ବର୍ଷ ଜୀବନ ଧାରଣ କରାଗଲା ତାହା କେବେ ହେଲେ ଜୀବନର ମୂଲ୍ୟାୟନର ମାପକାଠି ହୋଇନପାରେ। ନିଜ ଗୁରୁ, ଇଷ୍ଟ, ଭଗବାନଙ୍କ ଉପରେ ଅଖଣ୍ଡ ବିଶ୍ୱାସ ରଖି ସଦାସର୍ବଦା କର୍ମତତ୍ପର ଓ ଆଦର୍ଶଣୀୟ ଜୀବନଯାପନ କରିବା ହେଉଛି ମାନବିକତାର ପରିଚୟ। ମୁଁ ଲେଖୁଥିବା ବ୍ୟକ୍ତିତ୍ୱ ହେଉଛନ୍ତି ମୋ ଜନ୍ମଦାତା ଶାରଦା ପ୍ରସାଦ ସ୍ୱାଇଁ ଏହିପରି ଏକ ଜୀବନର ମୂର୍ତ୍ତିମନ୍ତ ପ୍ରତୀକ ଥିଲେ ଏହି ମହନୀୟ ବ୍ୟକ୍ତିତ୍ୱ। ମନେପଡୁଛି ଏକ ବହିର ଧାଡ଼ିଟି – ''ଅବନ୍ଧୁ ଜୀବନ ଅସୁର୍ଯ୍ୟମହୀ ଦେହ ଧରି କିଏ ପାରଇ ରହି।'' ଯଥାର୍ଥରେ କୁହାଯାଏ ବ୍ୟକ୍ତିତ୍ୱ ବ୍ୟକ୍ତିର ପରିଚୟ ବ୍ୟକ୍ତିତ୍ୱରୁ ଚିହ୍ନିତ ହୁଏ ପ୍ରତିଭା, ଉତ୍କର୍ଷ ଓ ସ୍ୱାତନ୍ତ୍ର୍ୟ। ଜଣ ଜଣଙ୍କର ସ୍ୱତନ୍ତ୍ର ଓ ଉତ୍କର୍ଷ ସାମାଜିକ ଜୀବନକୁ ସେବା ମନୋଭାବ ସମ୍ପନ୍ନ ଶ୍ରେଷ୍ଠତା ଜୀବନକୁ କରେ ମହିମାନ୍ୱିତ। ସମସ୍ତେ ଏକ ପ୍ରକାର ଜନ୍ମ ଲାଭ କରିଥିଲେ ବି ବ୍ୟକ୍ତିତ୍ୱ ଭିନ୍ନ ପ୍ରକାର ହୋଇଥାଏ। ସେହିଭଳି ସ୍ମୃତିମାନ ବ୍ୟକ୍ତିତ୍ୱର ଅଧିକାରୀ ଥିଲେ ଶାରଦା ପ୍ରସାଦ ସ୍ୱାଇଁ। ଶାରଦା ପ୍ରସାଦ ସ୍ୱାଇଁଙ୍କ ଜନ୍ମସ୍ଥାନ ଜଗତସିଂହପୁର ଜିଲ୍ଲା ଅନ୍ତର୍ଗତ ଉଗାଳପୁର ଗ୍ରାମ। ଆମ ଜିଲ୍ଲାର ଆରାଧ ଦେବୀ ମା' ଶାରଳା ହେଉଛନ୍ତି ତାଙ୍କର ଇଷ୍ଟଦେବୀ ଓ ସବୁବେଳେ ସେ ମାଆଙ୍କ ପୂଜାର୍ଚ୍ଚନାରେ ନିଜକୁ ବ୍ୟସ୍ତ ରଖୁଥିଲେ। ଯେଉଁ ମୁହଁର ତେଜଦୀପ୍ତ ଚାହାଣି ଆଜି ଆମ ମାନଙ୍କୁ ସମାଜରେ ପ୍ରତିଷ୍ଠିତ କରିପାରିଛି କର୍ତ୍ତବ୍ୟନିଷ୍ଠତାର ସାଧୁତାର ପ୍ରତିପାଦନ କରିବା ପାଇଁ ମାନବୀୟ ମୂଲ୍ୟବୋଧ ଜୀବନ ବଞ୍ଚିବାର କଳାନିମିତ୍ତ। ତାଙ୍କ ଗୃହସ୍ଥ ଧର୍ମର ଆଦର୍ଶରେ ମୋ ଧର୍ମପତ୍ନୀ ଶିବସ୍ମିଗ୍ଧା, ନାତୁଣୀ ବ୍ରିଟିକା, ଭଉଣୀ ସୋନାଲୀ ସ୍ୱାଇଁ ଓ ଭିଣୋଇ ରାହୁଲ ଜେନା ପ୍ରତିଷ୍ଠିତ ହୋଇପାରିଛନ୍ତି ଏକ ଆଦର୍ଶଣୀୟ ସମାଜରେ। ଆଜି ବାପାଙ୍କ ଅବର୍ତ୍ତମାନରେ ମୋ ମାଆ ଗୀତାରାଣୀ ହିଁ ମୋତେ ଧୈର୍ଯ୍ୟ, ସାହାସ ପ୍ରଦାନ କରୁଛନ୍ତି। ବାପାଙ୍କ ଦୁଇ ଭଣଜା ସେକ୍ସୋର ଏସଡିଓ ଇଞ୍ଜିନିୟର ସନ୍ତୋଷ ଖୁଣ୍ଟିଆ, ଡକ୍ଟର ଦେବୀଦତ୍ତ ପ୍ରଧାନ ଓ ନିହାର ରଞ୍ଜନ ରାଉତ ଅତ୍ୟନ୍ତ ମ୍ରିୟମାଣ। କେବଳ ସେତିକି ନୁହେଁ ମୋର ଭାତୃତୁଲ୍ୟ ପଡ଼ୋଶୀ ଜଗନ୍ନାଥ ଦାସ, ସମାଜସେବୀ ଶ୍ରୀଧର କୁମାର ରାଉଳ, ଚମ୍ପାନାରାୟଣ ଚାରିଟେବଲ ଟ୍ରଷ୍ଟର ଆବାହକ ତ୍ରିନାଥ ଓଝା, ବିଜୟ କୁମାର ଶତପଥୀ, ନିରଞ୍ଜନ ବାରିକ, ନରୋତ୍ତମ ସାମଲ, ଶ୍ରୀଧର କୁମାର ସାହୁ, ସୁନୀଲ କୁମାର ବେହେରା, ରଜତ କୁମାର ବୋଷ, ସନାତନ ନାୟକ, ମନୋଜ ସାହୁ, ସନ୍ତୋଷ ମିଶ୍ର ପ୍ରମୁଖ ସମସ୍ତେ ତାଙ୍କୁ ମନେପକଉଛନ୍ତି ତାଙ୍କ ପରପୋକାର ଓ ମମତାର ବନ୍ଧୁବତ୍ସଳତା ପାଇଁ। ମହାପ୍ରଭୁ ଶ୍ରୀଜଗନ୍ନାଥ ଓ ଇଷ୍ଟଦେବୀ ମା'ଶାରଳାଙ୍କ ଆଦର୍ଶରେ ଅନୁପ୍ରାଣୀତ ହୋଇ କରୁଣାସିକ୍ତ ଚିନ୍ତାଧାରା, ସରଳ ଜୀବନ, ମିଷ୍ଟ ବଚନ, ସେବାର ଅମୃତ ଧାରା ଆଉ ସାନ୍ତ୍ୱନା ଦାୟକ ଅନୁଭବୀ କଥୋପକଥନ ଓ ସମସ୍ତ ଗଠନମୂଳକ କାର୍ଯ୍ୟକ୍ରମ ଅନେକ ପ୍ରତିକୂଳତା ଭିତରେ ଏହାରି ଜରିଆରେ ତାଙ୍କର ସମସ୍ତ ସମୟ ନିଷ୍କାମ ସେବାରେ ବିନିଯୋଗ କରିଛନ୍ତି। ତାଙ୍କର ଏକନିଷ୍ଠ କର୍ତ୍ତବ୍ୟପରାୟଣତା, ସାଧୁତା, ନିଜ ଉତ୍ସର୍ଗୀକୃତ ଓ ଦୃଷ୍ଟାନ୍ତମୂଳକ ପରୋପକାରିତା ଆମ ସମସ୍ତଙ୍କ ନିକଟରେ ଆଦର୍ଶ ହୋଇ ରହିବ। ଭକ୍ତି, ଜ୍ଞାନ ଓ କର୍ମର ଅପୂର୍ବ ସଂଶ୍ଳେଷଣ ଏବଂ ତାଙ୍କର ସୀମିତ ନିଜସ୍ୱ ଆୟ, ଶକ୍ତି, ସମୟ ଓ ଜ୍ଞାନର ସର୍ବୋତ୍କୃଷ୍ଟ ବିନିଯୋଗ ଫଳରେ ତାଙ୍କର ଜୀବନ ପ୍ରତ୍ୟେକ ମୁହୂର୍ତ୍ତକୁ ଅତିବାହିତ କରିଛନ୍ତି ତାହା କେବଳ ପ୍ରତିଟି ଆଧ୍ୟାତ୍ମିକ ଶ୍ରଦ୍ଧାଳୁ ମାନଙ୍କ ପାଇଁ ନୁହେଁ ବରଂ ଆମ ସମସ୍ତଙ୍କ ପାଇଁ ସବୁ ସମୟରେ ପ୍ରେରଣା ଯୋଗାଇବ ଏଥିରେ ସନ୍ଦେହର ଅବକାଶ ନାହିଁ। ଭଗବାନ ତାଙ୍କର ଅସଂଖ୍ୟ ଛାଞ୍ଚ ଭିତରୁ ଗୋଟିଏ ଦିବ୍ୟ ସ୍ୱୟଂ ସମ୍ପୂର୍ଣ୍ଣ ଦିବ୍ୟ ଛାଞ୍ଚ ବାଛି ସେଥିରେ ମୋ ବାପା ଶାରଦା ପ୍ରସାଦ ସ୍ୱାଇଁଙ୍କୁ ଗଢ଼ି ମୂଳରୁ ସଂପୂର୍ଣ୍ଣ କରି ଓ ସମ୍ପନ୍ନ କରି ତାଙ୍କୁ ଏ ପୃଥିବୀକୁ ପଠାଇଛନ୍ତି ବୋଲି ମୋର ଧାରଣା ହୁଏ। ସୁଖ ଶରୀରରେ ମିଳେ। ଶାନ୍ତି ମନରେ ମିଳେ ଆଉ ହୃଦୟରେ ମିଳେ ଆନନ୍ଦ। ଜୀବନ ଭିତରେ ଯେଉଁ ଯଶ ଓ କୀର୍ତ୍ତିର ଅଧିକାରୀ ହୋଇଛନ୍ତି ନିଜ ଆତ୍ମାର ସଦ୍‌ଗତି ପାଇଁ ସେ ନିଜେ ଜୀବନ କାଳ ମଧ୍ୟରେ ପଥ ପରିଷ୍କାର କରିଦେଇ ଯାଇଛନ୍ତି। ଏ ମର ଶରୀର ନଷ୍ଟ ହେଲେ ବି ସେ ନିଜେ ଅତ୍ୟନ୍ତ ଆନନ୍ଦରେ ଭଗବାନଙ୍କ ପାଖକୁ ଚାଲିଯାଇଛନ୍ତି। ଜଣେ ମହାମନିଷୀଙ୍କ ଏକ ବାଣୀ ଯାହାର ଭାଷାନ୍ତର ହେଉଛି 'ପୃଥିବୀରେ ଗୋଟିଏ ଭାଷା ଅଛି, ତାହା ହେଉଛି ହୃଦୟର ଭାଷା।' ଏଭଳି ଜଣେ ଯଶକୀର୍ତ୍ତିର ଅଧିକାରୀଙ୍କୁ ମୃତ୍ୟୁ କ'ଣ କେବେ ଛୁଇଁପାରେ ବରଂ ସେ ମୃତ୍ୟୁକୁ ଛୁଇଁ ଦେଇଛନ୍ତି ଓ ସବୁଦିନ ପାଇଁ ଅମର ହୋଇ ରହିଯାଇଛନ୍ତି, କେବଳ ମୃତ୍ୟୁ ହିଁ ମରିଛି। ଓଁ ଶାନ୍ତିଃ ଶାନ୍ତିଃ ଶାନ୍ତିଃ।

*ଫ୍ଲାଟ ନଂ-୭ଜିଏଚ/୧୩୫୩, ଡି-୧୮, ସେକ୍ଟର-୯, ସିଡିଏ, କଟକ, ଦୂରଭାଷ : ୯୦୪୦୬୬୧୬୩୦ / ୭୦୦୮୨୨୬୨୧୩*

# ହାଇକୋର୍ଟରେ ଫଇସଲା ହାର ୧୩୩%


ସୌର ଚନ୍ଦ୍ର ମହାପାତ୍ର

ସାଧାରଣ ଲୋକଙ୍କ ପାଇଁ ଥିଲା ଅପହଞ୍ଚ, ଅଭେଦ୍ୟ। ଦଣ୍ଡବିଧିର ଭୟ ରହିଥିଲା ମନରେ। ବିଚାର ପ୍ରକ୍ରିୟା ଥିଲା ଲୋକଙ୍କ ପାଇଁ ଦୁର୍ବୋଧ ଓ ଅଜ୍ଞାତ। ଏବେ ସବୁ କିଛି ମୁକ୍ତ ଓ ସହଜ ହେବାରେ ଲାଗିଛି। ନାଲିକୋଠା ଭୟ, ଆଶଙ୍କା କି ଉଦବେଗର ଜାଗା ନୁହେଁ ଏଭଳି ବିଶ୍ୱାସ ତିଆରି ହେଉଛି ସାଧାରଣ ଲୋକଙ୍କ ମନରେ। କଟକଣାର କବାଟ ନିଜ ଆଡୁ ଖୋଲି ଦେଇଛନ୍ତି ଓଡ଼ିଶା ହାଇକୋର୍ଟ। ନ୍ୟାୟିକ ବ୍ୟବସ୍ଥାକୁ ସହଜ, ସରଳ ଓ ସଂପ୍ରସାରିତ କରାଯାଉଛି ସବୁଠାରୁ ଦୁର୍ବଳ ଲୋକଟି ପାଖରେ ପହଞ୍ଚିବା ପାଇଁ। ପିଲାମାନେ ବୁଲି ଦେଖୁଛନ୍ତି ହାଇକୋର୍ଟ। ଯାଉଛନ୍ତି ବିଚାରପତିଙ୍କ କକ୍ଷକୁ। ଜାଣୁଛନ୍ତି ନ୍ୟାୟ ପ୍ରକ୍ରିୟାକୁ। ବୈଷୟିକ ଜ୍ଞାନ କୌଶଳର ବ୍ୟାପକ ପ୍ରୟୋଗ ଫଳରେ ଆଜି ପ୍ରତି ଜିଲ୍ଲା ଯୋଡ଼ି ହେଉଛି ହାଇକୋର୍ଟଙ୍କ ସହ। ତ୍ୱରିତ ଶୁଣାଣି ହୋଇ ଫଇସଲା ହେଉଛି ମାମଲା। ଜେଲରେ ଶଢୁଥିବା କଏଦୀଙ୍କ ପାଇଁ ମୁକ୍ତିର ବାଟ ପ୍ରଶସ୍ତ ହେଉଛି। ୨୦୨୨ରେ ହାଇକୋର୍ଟଙ୍କ ଏକ ଉଦାର ପରିବର୍ତ୍ତିତ ରୂପ ମୁଗ୍ଧ କରିଛନ୍ତି ସମସ୍ତଙ୍କୁ। ଆହୁରି ଆଶ୍ୱସ୍ତ ହୋଇଛନ୍ତି ନିର୍ଯାତିତ, ନିଷ୍ପେସିତ ଲୋକ। ଏଇ ଭରସାରେ ଯେ ସେମାନଙ୍କ ପାଇଁ କେହି ଅଛି। ରାଜ୍ୟ ବିଚାର ବ୍ୟବସ୍ଥା ତ୍ୱରିତ ନ୍ୟାୟ ପ୍ରଦାନ କ୍ଷେତ୍ରରେ ନୂଆ ରେକର୍ଡ କରିବାରେ ଲାଗିଛି। ଭିତ୍ତିଭୂମି ଓ ଶୁଣାଣି ବ୍ୟବସ୍ଥାରେ ଗତିଶୀଳତା କାରଣରୁ କେବଳ ହାଇକୋର୍ଟ ନୁହେଁ, ଜିଲ୍ଲାଜଜ କୋର୍ଟ ଠାରୁ ଆରମ୍ଭ କରି ଫାଷ୍ଟଟ୍ରାକ କୋର୍ଟ ସବୁଠି ମାମଲା ଫଇସଲା କ୍ଷେତ୍ରରେ ରେକର୍ଡ଼ ସଫଳତା ମିଳିଛି। ଗତବର୍ଷ ଏକ ନୂଆ ଇତିହାସ ସୃଷ୍ଟି ହୋଇଛି ଓଡ଼ିଶା ହାଇକୋର୍ଟରେ। ଏଥର ହାଇକୋର୍ଟରେ ରେକର୍ଡ଼ ୧୩୩ ପ୍ରତିଶତ ମାମଲାର ଫଇସଲା ହୋଇଛି। ଅର୍ଥାତ୍ ଗତବର୍ଷ ଯେତିକି ମାମଲା ରୁଜୁ ହୋଇଛି ତା'ଠାରୁ ଯଥେଷ୍ଟ ଅଧିକ ମାମଲାର ସମାଧାନ ହୋଇଛି। ପୂର୍ବବର୍ଷ ଅପେକ୍ଷା ଗତବର୍ଷ ଜିଲ୍ଲା କୋର୍ଟରେ ମାମଲା ସମାଧାନ ହାର ୫୩% ଅଧିକ ରହିଥିବାବେଳେ ତ୍ୱରିତ ମାମଲା ଶୁଣାଣି କ୍ଷେତ୍ରରେ ଫାଷ୍ଟଟ୍ରାକ କୋର୍ଟ ମାମଲା ସଫଳତା ହାସଲ କରିଛି। ହାଇକୋର୍ଟଙ୍କ ପକ୍ଷରୁ ଜାରି ଏକ ବିଜ୍ଞପ୍ତି ଅନୁସାରେ, ମାମଲା ସମାଧାନ କ୍ଷେତ୍ରରେ ଗତବର୍ଷ ଏହି ଅଦାଲତ ସର୍ବକାଳୀନ ରେକର୍ଡ଼ ସୃଷ୍ଟି କରିଛି। ୨୦୧୮ରେ ୬୨ ହଜାର ୫୬୬ଟି ମାମଲା ରୁଜୁ ହୋଇଥିଲା ଓ ୬୩ ହଜାର ୨୩୬ଟି ମାମଲା ସମାଧାନ ହୋଇଥିଲା। ୨୦୧୯ରେ ୮୧ ହଜାର ୧୨୧ଟି ମାମଲା ରୁଜୁ, ୯୩ ହଜାର ୨୨୪ଟି ମାମଲାର ସମାଧାନ, ୨୦୨୦ରେ ୮୩ ହଜାର ୪୯୯ଟି ମାମଲା ରୁଜୁ, ୬୧ ହଜାର ୩୩୫ଟି ମମଲା ସମାଧାନ ହୋଇଥିଲା। ତେବେ ୨୦୨୧ରେ କରୋନା ସତ୍ତ୍ୱେ ବୈଷୟିକ ଜ୍ଞାନ କୌଶଳ ପ୍ରୟୋଗ, ଭିଡ଼ିଓ କନ୍‌ଫରେନ୍ସିଂ ମାଧ୍ୟମରେ ଶୁଣାଣି, ଇ-ଫାଇଲିଂ ଆଦି ବ୍ୟବସ୍ଥା କାରଣରୁ ପ୍ରତିକୂଳ ପରିସ୍ଥିତି ସତ୍ତ୍ୱେ ମାମଲା ଶୁଣାଣି ତ୍ୱରାନ୍ୱିତ ହୋଇଥିଲା। ୨୦୨୧ରେ ହାଇକୋର୍ଟରେ ଲକ୍ଷ ୨୮ ହଜାର ୭୮୬ଟି ମାମଲା ରୁଜୁ ହୋଇଥିଲାବେଳେ ୧ଲକ୍ଷ ୫ହଜାର ୧୮୨ଟି ମାମଲାର ସମାଧାନ ହୋଇଥିଲା। କିନ୍ତୁ ଗତବର୍ଷ ଏହି ରେକର୍ଡ଼ ବି ଭାଙ୍ଗିଯାଇଛି। ଚଳିତ ବର୍ଷ ଶୀତ ଅବକାଶ ଭିତରେ ହାଇକୋର୍ଟରେ ୧ ଲକ୍ଷ ୨ ହଜାର ୨୪୭ଟି ମାମଲା ରୁଜୁ ହୋଇଥିଲାବେଳେ ୧ଲକ୍ଷ ୩୬ ହଜାର ୫୯୯ଟି ମାମଲାର ଫଇସଲା ହୋଇପାରିଛି। ରାଜ୍ୟର ବିଭିନ୍ନ ଜିଲ୍ଲା ଜଜକୋର୍ଟରେ ଗତ ବର୍ଷ ତୁଳନାରେ ଚଳିତ ବର୍ଷ ୫୩.୨୮% ଅଧିକ ମାମଲା ସମାଧାନ ହୋଇଛି। ୨୦୨୧ରେ ଅନୁମୋଦିତ ବିଚାରପତିଙ୍କ ସ୍ଥାନ ୯୬୨ ଥିଲାବେଳେ ସେହି ସ୍ଥାନରେ ୭୬୬ଜଣ କାର୍ଯ୍ୟ କରୁଥିଲେ। ସେହିପରି ୨୦୨୨ରେ ଅନୁମୋଦିତ ବିଚାରପତିଙ୍କ ସଂଖ୍ୟା ୯୭୭ ଥିଲାବେଳେ ଏହି ସ୍ଥାନରେ ୭୭୬ଜଣ କାର୍ଯ୍ୟ କରୁଛନ୍ତି। ୨୦୨୧ରେ ଜଣେ ବିଚାରପତି ମୁଣ୍ଡ ପିଛା ୩୧୧ଟି ମାମଲାର ଫଇସଲା କରୁଥିବାବେଳେ ୨୦୨୨ରେ ତାହା ୫୭୭ରେ ପହଞ୍ଚିଛି। ଅନ୍ୟପକ୍ଷରେ ବଳାତ୍କାର ଏବଂ ପୋକସୋ ମାମଲା ଗୁଡ଼ିକର ବିଚାର ଫାଷ୍ଟଟ୍ରାକ କୋର୍ଟରେ କରାଯାଇଥାଏ। ଗତବର୍ଷ ଜାନୁଆରୀ ଗତ ୨୬ ତାରିଖ ମଧ୍ୟରେ ଏହିସବୁ କୋର୍ଟରେ ୧୦୪୨ଟି ବଳାତ୍କାର ମାମଲା ରୁଜୁ କରାଯାଇଛି। ସେଥିରୁ ୧୨୫ଟି ମାମଲାର ସମାଧାନ କରାଯାଇଛି। ପୋକସୋ ଆଇନ ଅଧୀନରେ ବିଚାର ବ୍ୟବସ୍ଥା ପାଇଁ ୮ଟି ସ୍ୱତନ୍ତ୍ର ଅଦାଲତ ପ୍ରତିଷ୍ଠା କରାଯାଇଛି। ଭୁବନେଶ୍ୱରରେ ଗୋଟେ ପରିବାର ଅଦାଲତ ପ୍ରତିଷ୍ଠା ଓ ୨ଟି ମହିଳା କୋର୍ଟ ମଧ୍ୟ ପ୍ରତିଷ୍ଠା କରାଯାଇଛି। ଓଡ଼ିଶାରେ ବିଚାର ବ୍ୟବସ୍ଥା ଅତ୍ୟନ୍ତ ଗତିଶୀଳ ଓ ସୁଦୃଢ଼ ହେବା ସହ ଜନାଭିମୁଖୀ ହୋଇ ଲୋକଙ୍କ ବିଶ୍ୱାସଭାଜନ ହେଉଛି ଓ ଲୋକମାନଙ୍କର ଆଇନ ବ୍ୟବସ୍ଥା ଉପରେ ଅଖଣ୍ଡ ବିଶ୍ୱାସ ବଢ଼ିଛି।

ବରିଷ୍ଠ ଆଇନଜୀବୀ,
ଓଡ଼ିଶା ହାଇକୋର୍ଟ, କଟକ
'ସତ୍ୟାଳୟ' ପ୍ଲଟ ନଂ – ୧୦୮୭/ଡ଼ି,
ସେକ୍ଟର-୬, କଟକ

# ଉତ୍କଳର ବରପୁତ୍ର : ବିଜୁବାବୁ


ଅକ୍ଷୟ କୁମାର ରାଉତ

୧୯୩୬ ମସିହା, ଏପ୍ରିଲ୍ ପହିଲା । ସମଗ୍ର ଓଡ଼ିଆ ଜାତିର ଏକ ସ୍ମରଣୀୟ ଦିବସ । ଏହି ଦିନ ଓଡିଶା ଆମର ଏକ ସ୍ୱତନ୍ତ୍ର ପ୍ରଦେଶ ରୂପେ ସ୍ୱୀକୃତି ଲାଭ କରିଥିଲା । ଏହାପରେ ଆମ ରାଜ୍ୟର ସର୍ବାଙ୍ଗୀନ ଉନ୍ନତି ସାଧନ କରିବାରେ ଯେଉଁ ବରପୁତ୍ରମାନେ ଜୀବନକୁ ଉତ୍ସର୍ଗ କରି ପାରିଥିଲେ, ବିଜୁବାବୁ ସେମାନଙ୍କ ମଧ୍ୟରୁ ଅନ୍ୟତମ । ତାଙ୍କର ଅଚିନ୍ତନୀୟ ପରିକଳ୍ପନା, ଅସାଧାରଣ କର୍ତ୍ତବ୍ୟନିଷ୍ଠା ଓ ଜାତିପ୍ରୀତି ହିଁ ଓଡିଶାର ଅଭିବୃଦ୍ଧି ପାଇଁ ବିଭିନ୍ନ ମାର୍ଗ ପ୍ରଦର୍ଶନ କରିପାରିଥିଲା । ସେଥିଲେ ଆମ ଓଡ଼ିଆ ଜାତିର ଏକ ଅମଳିନ ପ୍ରତିଭା । ତାଙ୍କୁ ଯେତେବେଳେ ମାତ୍ର ଆଠବର୍ଷ ବୟସ, ସେତେବେଳେ ସେ ହଠାତ୍ ଆପେଣ୍ଡିସ୍ ସାଇଟ୍ ରୋଗରେ ଆକ୍ରାନ୍ତ ହୋଇପଡିଲେ । ଅପରେସନ୍ ନହେଲେ ସେ ନିଶ୍ଚିତ ମୃତ୍ୟୁମୁଖରେ ପଡିବେ । ୧୯୨୩ ମସିହାର ସେହି ଏକ ବିବର୍ଣ୍ଣ ପ୍ରଭାତ । ଏହିଦିନ ପ୍ରଖ୍ୟାତ ରୋଗ ସର୍ଜନ ଡା. ପିବ୍ଲେର ତାଙ୍କଠାରେ ଅସ୍ତ୍ରୋପଚାର କରି ତାଙ୍କୁ ମୃତ୍ୟୁମୁଖରୁ ବଂଚାଇଥିଲେ । କଳିକା ଯେପରି କୁସୁମିତ ହୋଇ ତା'ର ରୂପ, ରସ ଓ ଗନ୍ଧରେ ଜନମନକୁ ହରଣ କରିଥାଏ, ସେହିପରି ବିଜୁବାବୁଙ୍କ ଜୀବନ କଳିକା କ'ଣ କୁସୁମିତ ନହୋଇ ଅକାଳରେ ଝଡିପଡ଼ିଥାନ୍ତା ! ଈଶ୍ୱରଙ୍କର ଅପାର କରୁଣା ତାଙ୍କ ଉପରେ ଅଜାଡି ହୋଇପଡ଼ିଥିଲା । ଏକ ମଧ୍ୟବିତ ପରିବାରରେ ଜନ୍ମ ହୋଇ ସୁସ୍ଥ ପରିବେଶ ମଧ୍ୟରେ ସେ ଆନନ୍ଦରେ ହସି ଖେଳି ପାଠ ପଢ଼ି ଚାଲିଲେ । ୧୯୩୨ ମସିହାରେ ସେ ପାଟଣା ବିଶ୍ୱବିଦ୍ୟାଳୟରୁ ଏଂଟ୍ରାନ୍ସ ପରୀକ୍ଷାରେ କୃତିତ୍ୱର ସହ ୧ମ ଶ୍ରେଣୀରେ ଉତ୍ତୀର୍ଣ୍ଣ ହୋଇଥିଲେ । ଏହାପରେ ସେ କଟକ ରେଭେନ୍ସା କଲେଜରେ ଆଇ.ଏସ୍‌ସି ଓ ବି.ଏସ୍‌ସି ପଢ଼ିଥିଲେ । ସୁଖର କଥା ପାଠପଢ଼ାରେ ସେ ଯେପରି ସୁନାମ ଅର୍ଜନ କରିଥିଲେ କଲେଜରେ କ୍ରୀଡା କ୍ଷେତ୍ରରେ ମଧ ସମସ୍ତ ରେକର୍ଡ ଭଙ୍ଗ କରି ନୂତନ ରେକର୍ଡ ସୃଷ୍ଟିକରିଥିଲେ, ଯାହାକି ବହୁଦିନ ପର୍ଯ୍ୟନ୍ତ ତାଙ୍କ ରେକର୍ଡକୁ କେହି ଭଙ୍ଗକରି ପାରିନଥିଲେ । ତାଙ୍କ ପରି ଜଣେ ପ୍ରତିଥ ଯଶ ବ୍ୟକ୍ତିଙ୍କୁ ପାଇ ଓଡିଆ ଜାତି ଆଜି ନିଜକୁ ଧନ୍ୟ ମନେକରେ । ତାଙ୍କର ପ୍ରଗତିଶୀଳ ଅଗ୍ରଗାମୀ ଚିନ୍ତାଧାରା ପାଇଁ ସେ ଶିଳ୍ପପତିର ସମ୍ମାନ ଲାଭ କରିଥିଲେ । ରାଜନୈତିକ ଶାସନକାଳ ଭିତରେ ସେ ବୈଜ୍ଞାନିକର ସ୍ୱର ଉତ୍ତୋଳନକରି ଓଡିଆ ଜାତିର ସର୍ବାଙ୍ଗୀନ ଉନ୍ନତିର ଉଦ୍ୟମ ଚଳାଇବାକୁ ଜୀବନର ଶେଷ ମୁହୂର୍ତ୍ତ ପର୍ଯ୍ୟନ୍ତ ଭୁଲିନଥିଲେ । ଓଡିଆ ଜାତିର ସୁଖ, ଶାନ୍ତି କିପରି ବୃଦ୍ଧି ହେବ, ଏ ଜାତି ସମଗ୍ର ବିଶ୍ୱ ଦରବାରରେ କିପରି ପରିଚିତ ହୋଇପାରିବ,ଏ ସ୍ୱପ୍ନ ତାଙ୍କର ସାର୍ଥକ ହୋଇଛି କଳିଙ୍ଗ ପୁରସ୍କାର ପାଇଁ । ଭୁବନେଶ୍ୱରରେ ଓଡିଶା ଫ୍ଲାଇଙ୍ଗ୍ କ୍ଲବ୍ ତାଙ୍କ ଦ୍ୱାରା ପ୍ରତିଷ୍ଠିତ ହୋଇ ପାରିଥିଲା ।

କଟକ ରେଭେନ୍ସା କଲେରେ ଓ୍ୱାରଲେସ୍ ଟ୍ରେନିଙ୍ଗର ବ୍ୟବସ୍ଥା କରି ସେ ଓଡିଆ ଯୁବକ ମାନଙ୍କୁ ଉକ୍ତ ତାଲିମ୍ ପାଇବାରେ ସୁଯୋଗ ଦେବା ସଙ୍ଗେସଙ୍ଗେ ପାଣିଜାହାଜ ଓ ଉଡ଼ାଜାହାଜ ଆଦି ସଂସ୍ଥାରେ ନିଯୁକ୍ତ ପାଇବାର ପଥ ସୁଗମ କରି ପାରିଛନ୍ତି । ବେଳେ ବେଳେ ଆମ ଉତ୍କଳ ବିଶ୍ୱ ବିଦ୍ୟାଳୟର ଆଇ.ଏସ୍‌ସି. ପରୀକ୍ଷା ଫଳ ପ୍ରକାଶ ପାଇବାରେ ବହୁ ବିଳମ୍ବ ଘଟୁଥିଲା । ରାଜ୍ୟ ବାହାରେ ଥିବା ବିଭିନ୍ନ ଇଂଜିନିୟରିଂ କଲେଜରେ ଯଥାସମୟରେ ଅଧ୍ୟୟନ କରିବାପାଇଁ ଛାତ୍ର ମାନଙ୍କ ଆବେଦନ କରିବାର ତାରିଖ ଚାଲି ଯାଉଥିଲା । ଯାହାଫଳରେ କି ଓଡ଼ିଶାର କୃତୀ ଛାତ୍ରମାନେ ଉକ୍ତ କଲେଜ ମାନଙ୍କରେ ନାମ ଲେଖାଇବାର ସୁଯୋଗରୁ ବଂଚିତ ହେଉଥିଲେ । ଅତିବ ଗର୍ବ ଓ ଗୌରବର କଥାଏହି ସମସ୍ୟାର ସମାଧାନ କରିବାକୁ ଯାଇ ରାଉରକେଲା ଠାରେ ଏକ ଇଞ୍ଜିନିୟରିଂ କଲେଜ ସ୍ଥାପନ କରି ବିଜୁବାବୁ ଆଜି ବହୁ ପ୍ରତିଭାଧାରୀ ଓଡ଼ିଆ ପିଲାଙ୍କୁ ସେଠାରେ ଅଧ୍ୟୟନ କରିବାର ସୁଯୋଗ ଦେଇ, ତାଙ୍କ ମୁହଁରେ ହସ ଫୁଟାଇ ପାରିଛନ୍ତି । ବ୍ରହ୍ମପୁର ଓ ସମ୍ବଲପୁର ଠାରେ ଯଥାକ୍ରମେ ଭଞ୍ଜବିହାର ଓ ଜ୍ୟୋତିବିହାର ନାମକ ଦୁଇଟି ବିଶ୍ୱବିଦ୍ୟାଳୟ ସ୍ଥାପନ କରିବାରେ ବିଜୁବାବୁଙ୍କ ଭୂମିକା ଅବିସ୍ମରଣୀୟ । ଓଡ଼ିଆ ପିଲାଏ କିପରି ଅଧିକ ଶୃଙ୍ଖଳିତ ହୋଇ ଦେଶ ଓ ଜାତିର ସେବାରେ ନିଜ ଜୀବନକୁ ଉତ୍ସର୍ଗ କରିପାରିବେ, ଏହି ଉଦ୍ଦେଶ୍ୟକୁ ଚରିତାର୍ଥ କରିବାକୁ ଯାଇ ସେ ଭୁବନେଶ୍ୱର ଠାରେ ଏକ ସୈନିକ ସ୍କୁଲ୍ ଓ ଡି.ଏମ୍.ସ୍କୁଲ୍ ପ୍ରତିଷ୍ଠା କରିଥିଲେ । ବିଶେଷ ଶିକ୍ଷା ପାଇଁ ସେ ଭୁବନେଶ୍ୱରରେ ରିଜିଓନାଲ କଲେଜ ଅଫ୍ ଏଜୁକେଶନ୍ ଏବଂ ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠା କରିଯାଇଛନ୍ତି । ଏହା କେବଳ ତାଙ୍କର ପ୍ରଗାଢ଼ ଉତ୍ସାହ ଓ ଉଦ୍ୟମ ଯୋଗୁ ସମ୍ଭବ ହୋଇ ପାରିଛି । ଓଡିଶାକୁ ଏକ ଶିଳ୍ପୋନ୍ନତି ରାଜ୍ୟରେ ପରିଣତ କରିବାକୁ ଯାଇ ବିଜୁବାବୁ ଚୌଦ୍ୱାରରେ କଳିଙ୍ଗ ଟିଉବ୍‌ସ ଏବଂ ଓ.ଟି.ଏମ୍ ଲୁଗାକଳ ସ୍ଥାପନ କରି ଏ ରାଜ୍ୟର ପ୍ରଭୂତ ଉନ୍ନତି ସାଧନ କରିଯାଇଛନ୍ତି । ଦିନ ଥିଲା ଯେତେବେଳେ କି ଆମ ଓଡ଼ିଶା କେବଳ ଜଗତର ନାଥ ଜଗନ୍ନାଥଙ୍କ ନାମରେ ରାଜ୍ୟ ବାହାରେ ପରିଚିତ ହେଉଥିଲା । ଓଡ଼ିଶା ଆଜି କିନ୍ତୁ ପାରାଦ୍ୱୀପ ବନ୍ଦର ଯୋଗୁ ସମଗ୍ର ପୃଥିବୀରେ ସୁପରିଚିତ । ତେବେ ପାରାଦ୍ୱୀପ ବନ୍ଦର ଜନ୍ମ ଜାତକରୁ ଜଣାଯାଏ ଯେ ୧୯୪୮ ମସିହାରେ ଭାରତ ସରକାରଙ୍କ ପୋର୍ଟ ଟେକ୍‌ନିକାଲ୍ କମିଟି ଓ ୧୯୫୧ ମସିହାରେ କେନ୍ଦ୍ର ଜଳ ବିଦ୍ୟୁତ କମିଶନ ଏବଂ ଫରାସୀ ଟେକ୍‌ନିକାଲ୍ କମିଶନଙ୍କ ରିପୋର୍ଟ ଥିଲା ବନ୍ଦର ନିର୍ମାଣ ପାଇଁ ମହାନଦୀ ମୁହାଣ ହିଁ ଉପଯୁକ୍ତ ସ୍ଥାନ । ଏହି ରିପୋର୍ଟ ଫଳରେ ପାରାଦ୍ୱୀପରେ ଏକ କ୍ଷୁଦ୍ର ବନ୍ଦର ନିର୍ମାଣ କରିବାପାଇଁ ପ୍ରସ୍ତାବ ହୋଇଥିଲା । ଏହାପରେ ୧୯୫୪ ମସିହା ଅପ୍ରେଲ ମାସରେ ପୁନା ଠାରେ ସ୍ୱର୍ଗତ ଲାଲ୍‌ବାହାଦୂର ଶାସ୍ତ୍ରୀଙ୍କ ଅଧ୍ୟକ୍ଷତାରେ ଜାତୀୟ ବନ୍ଦର ବୋର୍ଡର ବୈଠକରେ ଏହି ପରିକଳ୍ପନାକୁ କେନ୍ଦ୍ର ଜାହାଜ ଚଳାଚଳ ମନ୍ତ୍ରୀ ସ୍ୱର୍ଗତ ଶାସ୍ତ୍ରୀଜୀ ଆବଶ୍ୟକ ଅର୍ଥ ମଂଜୁର କରି ସାଧବପୁଅର ରାଜ୍ୟରେ ପାରାଦ୍ୱୀପ ଠାରେ ନୂତନ ରୂପରଙ୍ଗରେ ଏହି ବନ୍ଦରକୁ ତୋଳି ଦେଲେ ଏ ଜାତିର ହାତରେ ।

୧୯୫୮ ମସିହା ଜାନୁୟାରୀ ମାସରେ ପାରାଦ୍ୱୀପ ଏକ କ୍ଷୁଦ୍ର ବନ୍ଦର ରୂପେ ସ୍ୱୀକୃତି ଲାଭ କଲାପରେ ୧୯୬୨ ମସିହା ଜାନୁୟାରୀ ୩ ତାରିଖରେ ଭାରତର ସର୍ବ ପ୍ରଥମ ପ୍ରଧାନମନ୍ତ୍ରୀ ସ୍ୱର୍ଗତଃ ଜବାହରଲାଲ୍ ନେହେରୁଙ୍କ ଦ୍ୱାରା ଏହି ବୃହତ୍ ପାରାଦ୍ୱୀପ ବନ୍ଦରର ଭିତିପ୍ରସ୍ତର ସ୍ଥାପିତ ହୋଇଥିଲା । ବିଶେଷ ଗର୍ବ ଓ ଗୌରବର କଥା ଯେ ଠିକ୍ ଏହି ସମୟରେ ବିଜୁବାବୁ ଥିଲେ ଆମ ରାଜ୍ୟର ମୁଖ୍ୟମନ୍ତ୍ରୀ । ଏହି ବନ୍ଦରର ସର୍ବାଙ୍ଗୀନ ଉନ୍ନତି ନିମିତ୍ତ ତାଙ୍କର ଉଦ୍ୟମ, ଉତ୍ସାହ ଓ ନିଷ୍ଠା ଏ ଜାତିର ଇତିହାସ ପୃଷ୍ଠାରେ ସ୍ୱର୍ଣ୍ଣାକ୍ଷରରେ ଲିପିବଦ୍ଧ ହୋଇ ରହିଗଲା ଯୁଗ ଯଗୁକୁ ।

ତୁଳସୀ ଦୁଇପତ୍ରରୁ ବାସିଲା ପରି ବଡ଼ମଣିଷଙ୍କ ପରିଚୟ ମଧ ତାଙ୍କ ପିଲାଦିନରୁ ହିଁ ଜଣା ପଡିଥାଏ । ବିଜୁବାବୁ ଯେ ଦିନେ ଓଡ଼ିଶାର ବରପୁତ୍ର ରୂପେ ପୂଜା ପାଇବେ, ଏକଥା ତାଙ୍କ ଛାତ୍ର ଜୀବନରୁ ହିଁ ଜଣା ପଡ଼ିଥିଲା । ବିଜୁବାବୁ ଯେତେବେଳେ କଟକ ରେଭେନ୍ସା କଲିଜିଏଟ୍‌ର ଛାତ୍ର, ଠିକ୍ ସେହି ସମୟରେ ନଈବଢ଼ିରେ ବରି ଅଂଚଳର ବିପନ୍ନ ଲୋକଙ୍କୁ ସାହାଯ୍ୟ କରିବା ପାଇଁ ଖଣ୍ଡେ ଦେଶୀ ଡଙ୍ଗା ଧରି ଉତ୍କଳମଣି ଗୋପବନ୍ଧୁ ଚୁଡା ଚାଉଳ ଆଦି ରିଲିଫ୍ ସାମଗ୍ରୀ ଧରି ବାଂଟିବାକୁ ଯାଉଥିଲେ । ସାଙ୍ଗରେ ତାଙ୍କର ଦଳେ ସ୍ୱେଚ୍ଛାସେବୀ କଲେଜ ଛାତ୍ର ମଧ ଯାଇଥାନ୍ତି । ବଢ଼ିଲା ନଈ । ଆକାଶରେ ଟାଣ ମେଘୁଆ ଖରା । ଏଥିପାଇଁ ଉତ୍କଳମଣିଙ୍କ ହାତରେ ଥିଲା ଖଣ୍ଡେ କପଡାଛତା । ଦୈବାତ୍ ସେହି ଛତାଟିକୁ ପବନ ତାଙ୍କ ହାତରୁ ଛଡାଇନେଇ ବଢ଼ିଲା ନଈରେ ପକାଇଦେଲା । ତା'ପରେ ପରେ ଡବ୍ କରି ଏକ ଶବ୍ଦ ହେଲା । ଦେଖାଗଲା ବିଜୁ ପଟ୍ଟନାୟକ ସେହି ଛତାଟିକୁ ଆଣିବାପାଇଁ ନଈ ସୁଅରେ ଧାଇଁଛନ୍ତି । ଏ ଦୃଶ୍ୟ ଦେଖି ସାଥୀମାନେ ସିନା ଛାନିଆ ହୋଇ ଯାଇଥିଲେ କିନ୍ତୁ ଉତ୍କଳମଣିଙ୍କ ଆଖିରୁ ଧାର ଧାର ଲୁହ ଛୁଟିଥିଲା । କିଛି ସମୟ ପରେ ବିଜୁବାବୁ ସେ ଛତାଟିକୁ ଧରି ଉଜାଣି ସୁଅରେ ଛୁଟି ଆସି ଡଙ୍ଗାକୁ ଉଠିଯାଇ ଆନନ୍ଦରେ ଛତାଟିକୁ ଗୋପବନ୍ଧୁଙ୍କ ହାତକୁବଢ଼ାଇ ଦେଇଥିଲେ । ହେଲେ ଗୋପବନ୍ଧୁ ତାଙ୍କୁ କୋଳକୁ ତୋଳିନେଇ ଲୁହ ଛଳଛଳ ଆଖିରେ ଶୁଣାଇଥିଲେ – ବାପ, ଏ ସାମାନ୍ୟ ଛତା ଖଣ୍ଡିକ ପାଇଁ ତୁ ଏତେବଡ଼ ଦୁର୍ଲ୍ଲଭ ଜୀବନକୁ ହରାଇ ଦେବାକୁ ଯାଉଥିଲୁ ।

ନିର୍ଭୀକ ଛାତ୍ର ବିଜୁବାବୁ ବିନୀତ ସ୍ୱରରେ ଶୁଣାଇଥିଲେ – ଆଜ୍ଞା, ମୋ ଜୀବନ ଠାରୁ ଅଧିକ ମୂଲ୍ୟବାନ ଆପଣଙ୍କର ଏଇ ଛତା ଖଣ୍ଡିକ । ଏତିକିରେ ଗୋପବନ୍ଧୁଙ୍କର ଅଶେଷ ଆଶୀର୍ବାଦ ଅଜାଡି ହୋଇପଡିଥିଲା ତାଙ୍କ ଉପରେ । ଅନ୍ୟ ଏକ ଦିନର ଘଟଣା । ଖ୍ରୀଷ୍ଟ କଲେଜିଏଟ୍ ସ୍କୁଲ୍‌ର ଶତବାର୍ଷିକ ଉତ୍ସବ ୩ ଦିନଧରି ପାଳିତ ହେଉଥାଏ । ପ୍ରଥମ ଦିନ ମୁଖ୍ୟଅତିଥି ଭାବେ ଏହି ଉତ୍ସବରେ ଯୋଗ ଦେଇଥିଲେ ବିଜୁବାବୁ । ସ୍କୁଲ୍‌ର ୧୪ ଶହ ଛାତ୍ରଛାତ୍ରୀ, ଶହ ଶହ ନିମନ୍ତ୍ରିତ ଅତିଥି ତଥା ଅଭିଭାବକଙ୍କୁ ନେଇ ସ୍କୁଲ ପ୍ରାଙ୍ଗଣଟି ଆନନ୍ଦ ମୁଖର ହୋଇଉଠୁଥାଏ । ସେଦିନ ଏହି ସଭାମଂଚର ଆଦ୍ୟ ଆକର୍ଷଣ ଥିଲା, ସ୍କୁଲ୍‌ର ଶିକ୍ଷକ ଓ ଶିକ୍ଷୟିତ୍ରୀ ମାନଙ୍କ କଣ୍ଠରେ ସମବେତ କଣ୍ଠସଂଗୀତ । ଅତିଥିମାନେ ମଂଚାସୀନ ହେଲେଣି, ଆଉ ମାତ୍ର ଅଳ୍ପ ସମୟ ପରେ କୋରସ୍ ଆରମ୍ଭ ହେବ । ଏହି ସମୟରେ କେତେକ ତଳଶ୍ରେଣୀର ଛାତ୍ର ନିଜ ନିଜ ମଧ୍ୟରେ କଥାବାର୍ତ୍ତା ହେଉଥିବାର ଦେଖି ସ୍କୁଲର ପ୍ରଧାନ ଶିକ୍ଷକ ଖୁବ୍ ଚତୁରତାର ସହ ପିଲାମାନଙ୍କୁ ପାଟି ବନ୍ଦ କରିବାପାଇଁ ନାଲିଆଖି ଦେଖାଉଥିଲେ ।

ବିଜୁବାବୁ ସଭାମଂଚରେ ଥାଇ ଏ ଦୃଶ୍ୟକୁ ବେଶ୍ ଅନୁଧାନ କରୁଥାନ୍ତି । ସଭାକାର୍ଯ୍ୟ ଆରମ୍ଭ ହୋଇନଥିଲେ ମଧ ବିଜୁବାବୁ ହଠାତ୍ ଉଠିପଡି ନିଜର ଭାଷଣ ଆରମ୍ଭ କରି ଶୁଣାଇଥିଲେ, "ପିଲାଏ, ତୁମେ ସବୁ ମୋର ଅତି ଆଦରର ପ୍ରିୟଭାଇ, ଭଉଣୀ । ଦିନେ ମୁଁ ତୁମରି ପରି ଏହି ସ୍କୁଲ୍‌ର ଛାତ୍ର ଥିଲି । ଆଜି ତୁମେ ଯେପରି ପାଟିତୁଣ୍ଡ କରୁଛ, ଆମେସବୁ ସେହିପରି ପାଟିତୁଣ୍ଡ କରୁଥିଲୁ । ତୁମ୍ଭମାନଙ୍କ ଠାରୁ ଅଧିକ ଦୁଷ୍ଟ ଥିଲି ମୁଁ । ଏହି ସ୍କୁଲ୍‌ରେ ଦିନକର ଘଟଣା । ସେଦିନ ବାରବାଟୀ କିଲ୍ଲା ଭିଲେଜ ଗ୍ରାଉଣ୍ଡର ଏକ ହେଲିକେପ୍ଟର ଓହ୍ଲାଇଲା । ତାକୁ ଦେଖିବାପାଇଁ ମୁଁ ଆନନ୍ଦରେ ଅଧୀର ହୋଇ ଉଠିଲି । ଭୂଗୋଳ ପିରିୟଡ । ସାର୍ ଭୂଗୋଳ ପଢ଼ାଉଥାନ୍ତି, ମୁଁ ସାର୍‌ଙ୍କ ଅନୁମତି ନନେଇ କ୍ଲାସ୍‌ରୁ ପଳାଇଗଲିଂ । ଭିଲେଜ୍ ଗ୍ରାଉଣ୍ଡରେ ପହଁଚି ହେଲିକେପ୍ଟରରେ ହାତ ମାରିଦେଲି । ସଂଗେ ସଂଗେ ପୁଲିସ୍‌ର ଲାଠି ପ୍ରହାର ମୋ ପିଠିରେ ହୋଇଗଲା । ଦୁଷ୍ଟାମୀ କରିଥିବାରୁ ଏପଟେ ପୁଲିସ୍ ଓ ସେପଟେ ସାର୍‌ଙ୍କ ଠାରୁ ଶାସ୍ତି ସିନା ପାଇଲି, ହେଲେ ସେଦିନ ମନେ ମନେ ଶପଥ କରିଥିଲି, ଦିନେ ନା ଦିନେ ମୁଁ ନିଶ୍ଚୟ ଉଡାଜାହାଜ ଚାଳକ ହେବି । ଈଶ୍ୱରଙ୍କ କୃପାରୁ ମୁଁ ଆଜି ଜଣେ ଦକ୍ଷ ପାଇଲଟ୍ ହୋଇପାରିଛି । ତେଣୁ ପିଲା ଏ ତୁମେ ସବୁ ଦୁଷ୍ଟାମୀ କର, ହେଲେ ସେହି ଦୁଷ୍ଟାମୀ ଭିତରେ ଜଣେ ବଡ଼ମଣିଷ ହେବାର ଆଶା ରଖ । ଏତିକି କହି ବିଜୁବାବୁ ବସି ପଡ଼ିଥିଲେ । ଏହାପରେ ଘନଘନ କରତାଳି ଧ୍ୱନିରେ ଏହି ଐତିହାସିକ ସାଂସ୍କୃତିକ ଉତ୍ସବର ପରିବେଶ ଆନନ୍ଦମୁଖର ହୋଇ ଉଠିଥିଲା ଏବଂ ପିଲାମାନେ ଶାନ୍ତ, ନୀରବ ବାତାକରଣ ସୃଷ୍ଟି କରିପାରିଥିଲେ । ବିଜୁବାବୁ ଥିଲେ ଓଡିଆ ଜାତିର ଏକ ଅଲିଭା ପ୍ରଦୀପ । ସେ ପ୍ରଦୀପ ଯୁଗ ଯୁଗ ଧରି ଏ ଜାତିର ପ୍ରଗତି ପଥକୁ ଆଲୋକିତ କରୁଥାଉ । ତାଙ୍କ ଅମର ଆତ୍ମାର ଜୟଗାନ ଏ ଦେଶର ଗଗନ ପବନକୁ ଏହିପରି ମୁଖରିତ କରୁଥାଉ ।

*ପାରାଦ୍ୱୀପଗଡ, ଜିଲ୍ଲା-ଜଗତ୍‌ସିଂହପୁର*
*ମୋ – ୯୯୩୭୬୯୧୪୭୫*

